visit us at
www.paryabekhyak.com

ସମ୍ପୂର୍ଣ୍ଣ ନିରପେକ୍ଷ ସାଧାରଣ ଲୋକଙ୍କ ଖବରକାଗଜ

# ପର୍ଯ୍ୟବେକ୍ଷକ

PARYABEKHYAK ପର୍ଯ୍ୟବେକ୍ଷକ

FIND US ON facebook.com/paryabekhyak
FOLLOW US ON TWITTER twitter.com/paryabekhyak

Vol.25 . No.258 Bhubaneswar Saturday December 03 2022 | ୨୫ତମ ବର୍ଷ ସଂଖ୍ୟା–୨୫୮ ଭୁବନେଶ୍ୱର, ଶନିବାର, ଡିସେମ୍ବର ୦୩, ୨୦୨୨ (୮ ପୃଷ୍ଠା) ମୂଲ୍ୟ–୧.୫୦ ₹ 1.50 (Air Surcharge - 0.50P) Member-INS


## ବିଧାନସଭା ଶୀତ ଅଧିବେଶନ: ୩୩ ଦିନ ଚାଲିଥାନ୍ତା, ମାତ୍ର ୮ଦିନରେ ବନ୍ଦ କରିଦେଲେ

ଭୁବନେଶ୍ୱର, ୨।୧୨(ପି.ଏନ): ବିଧାନସଭାର ଶୀତ ଅଧିବେଶନ ନିର୍ଦ୍ଧାରିତ ଅବଧିର ୨୫ଟି କାର୍ଯ୍ୟଦିବସ ଥାଇ ଆଜି ଅନିର୍ଦ୍ଦିଷ୍ଟ କାଳ ପାଇଁ ମୁଲତବୀ ଘୋଷଣା ହୋଇଛି । ନିର୍ଦ୍ଧାରିତ ୩୩ଟି କାର୍ଯ୍ୟଦିବସ ବଦଳରେ ମାତ୍ର ୮ଟି କାର୍ଯ୍ୟଦିବସ ଚଳିତ ଅଧିବେଶନରେ ସମ୍ଭବପର ହୋଇପାରିଛି । ଆଉ ମୁଖ୍ୟ ବିରୋଧୀ ଦଳ ବିଜେପିର ବିନା ସମ୍ମତି ଓ ଅନୁପସ୍ଥିତିରେ ଶୀତ ଅଧିବେଶନକୁ ବନ୍ଦ ପାଇଁ ଶାସକ ଦଳର ପ୍ରସ୍ତାବକୁ ବାଚସ୍ପତି ଗ୍ରହଣ କରିନେଇଛନ୍ତି । ଶାସକ ଦଳର ସଂଖ୍ୟା ବଳ ଆଧାରରେ ବାଚସ୍ପତି ଗୃହକୁ ଆଜି ଅନିର୍ଦ୍ଦିଷ୍ଟ କାଳ ପାଇଁ ମୁଲତବୀ ଘୋଷଣା କରିଛନ୍ତି । ତେବେ ଅଧିବେଶନ ସମୟରେ ଗୃହକୁ ଆସୁନଥିବା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ କେବଳ ଅଧିବେଶନ ଆରମ୍ଭ ଦିନ ଓ ଆଜି ଶେଷ ଦିନରେ ମାତ୍ର କିଛି ସମୟ ପାଇଁ ଆସିଥିବା ଦେଖିବାକୁ ମିଳିଛି ।ଆଜି ଗୃହ କାର୍ଯ୍ୟ ଆରମ୍ଭ ହେବାମାତ୍ରେ ଚାଷୀ ପ୍ରସଙ୍ଗରେ ଉଭୟ ବିରୋଧୀ ଓ ଶାସକ ମୁହାଁମୁହିଁ ହୋଇଥିଲେ । ବିଜେପି ସଦସ୍ୟମାନେ ହଙ୍ଗାମା କରିବାରୁ ଗୃହ ମୁଲତବୀ ରହିଥିଲା । ପ୍ରଶ୍ନକାଳ ଓ ଶୂନ୍ୟକାଳ ସମ୍ଭବପର ହୋଇନଥିବାବେଳେ ବିଜେପି ସଦସ୍ୟଙ୍କ ଅନୁପସ୍ଥିତିରେ ଗୃହରେ ବ୍ୟୟମଞ୍ଜୁରୀ ବିଲ୍ ଉପରେ ଆଲୋଚନା ଆରମ୍ଭ ହୋଇଥିଲା । ଆଉ ଏହି ବିଲ୍ ଗୃହୀତ ହେବା ପରେ ସରକାରୀ ଦଳ ମୁଖ୍ୟ ସଚେତକ




ପ୍ରଶାନ୍ତ ମୁଦୁଲି ଶୀତ ଅଧିବେଶନକୁ ଶେଷ କରିବାକୁ ବିଧିବଦ୍ଧ ପ୍ରସ୍ତାବ ଆଗତ କରିବା ପରେ ଶାସକ ଦଳ ବିଧାୟକମାନେ ଏହାକୁ ସମର୍ଥନ କରିଥିଲେ ଓ ବାଚସ୍ପତି ବିକ୍ରମ କେଶରୀ ଆରୁଖ ଉକ୍ତ ପ୍ରସ୍ତାବକୁ ଗୃହୀତ କରି ଗୃହକୁ ଅନିର୍ଦ୍ଦିଷ୍ଟ କାଳ ପାଇଁ ମୁଲତବୀ ଘୋଷଣା କରିଛନ୍ତି ।ଚଳିତ ବିଧାନସଭା ଶୀତ ଅଧିବେଶନ ନଭେମ୍ବର ୨୪ରୁ ଡିସେମ୍ବର ୩୧ତାରିଖ ପର୍ଯ୍ୟନ୍ତ ଚାଲିଥିବାର ଥିବାବେଳେ ମୋଟ ୮ଟି କାର୍ଯ୍ୟଦିବସରେ ଏହାକୁ ବନ୍ଦ କରିଦିଆଯାଇଛି । ଚଳିତ ଅଧିବେଶନରେ ୩ଟି ମୁଲତବୀ ପ୍ରସ୍ତାବ ଉପରେ ଆଲୋଚନା ହୋଇଥିବାବେଳେ ମୋଟ ୩ଟି ବିଲ୍ ଗୃହୀତ ଓ ୩ଟି ସିଏଜି ରିପୋର୍ଟ ଉପସ୍ଥାପିତ ହୋଇଛି । ଅତିରିକ୍ତ ବଜେଟ୍ ଉପରେ ଗୃହରେ ଦୁଇଦିନ ଧରି ଆଲୋଚନା ମଧ୍ୟ ହୋଇଛି । ତେବେ ଶିକ୍ଷକଙ୍କ ଆନ୍ଦୋଳନ, ଅଙ୍ଗନୱାଡି ଓ ଆଶା କର୍ମୀଙ୍କ ଧାରଣା, ଚାଷୀଙ୍କ ପ୍ରସଙ୍ଗ ଆଦିକୁ ନେଇ ଗୃହରେ ବାରମ୍ବାର ହଙ୍ଗାମା ଯୋଗୁ ଅଧିବେଶନ ବେଶ୍ ସରଗରମ ରହିଥିଲା ।ସୂଚନାଯୋଗ୍ୟ, ନବୀନଙ୍କ ପଞ୍ଚମ ପାଳିର ସରକାର ଅବା ଷୋଡଶ ବିଧାନସଭାରେ ଶୀତକାଳୀନ ଅଧିବେଶନର ଅବଧି କ୍ରମାଗତ ଭାବେ ଅଧିକ ଦିନ ପାଇଁ ଉଦ୍ଦିଷ୍ଟ ରହୁଥିଲେ ମଧ୍ୟ ବାସ୍ତବ କ୍ଷେତ୍ରରେ ଗୃହ ନିର୍ଦ୍ଧାରିତ ଅବଧି ପର୍ଯ୍ୟନ୍ତ ଚାଲିପାରୁନି । ଶାସକ ଦଳ ନିଜର ସଂଖ୍ୟାବଳ ଆଧାରରେ ଗୃହକୁ ଏକତରଫା ଭାବେ ବନ୍ଦ କରିଦେଉଛି । ୨୦୧୯ ମସିହାରେ ଶୀତ ଅଧିବେଶନ ନିର୍ଦ୍ଧାରିତ ୩୦ ଦିନ ପରିବର୍ତ୍ତେ ମାତ୍ର ୧୩ ଦିନ , ୨୦୨୦ ମସିହାରେ ଶୀତ ଅଧିବେଶନ ନିର୍ଦ୍ଧାରିତ ୪୦ ଦିନ ପରିବର୍ତ୍ତେ ୯ ଦିନ ଓ ୨୦୨୧ ମସିହାରେ ଶୀତ ଅଧିବେଶନ ନିର୍ଦ୍ଧାରିତ ୨୬ ଦିନ ପରିବର୍ତ୍ତେ? ମାତ୍ର ୯ ଦିନ ଚାଲି ପାରିଥିଲା । ୨୦୨୨ ଶୀତ ଅଧିବେଶନରେ ଗୃହ ୩୩ଦିନ ପରିବର୍ତ୍ତେ? ୮ଦିନ ଚାଲିଛି । ଚଳିତ କ୍ୟାଲେଣ୍ଡର ବର୍ଷରେ ଗୃହ ମୋଟ ୩୭ଦିନ ଚାଲିବା ସମ୍ଭବପର ହୋଇପାରିଛି ।

## ଲାଞ୍ଚ ନେଉଥିଲେ, ଭିଜିଲାନ୍ସ କର୍ମଚାରୀଙ୍କୁ ଦେଖି ଫିଙ୍ଗିଦେଲେ

କରଞ୍ଜିଆ ,୨।୧୨(ପିଏନ): ଲାଞ୍ଚ ନେଉଥିଲେ। ଭିଜିଲାନ୍ସ କର୍ମଚାରୀଙ୍କୁ ଦେଖି ଲାଞ୍ଚ ଟଙ୍କା ଫିଙ୍ଗି ଦେଇଥିଲେ। ଆଜି ଏପରି ଘଟଣା ମୟୂରଭଞ୍ଜ ଜିଲ୍ଲା ଯଶୀପୁର ତହସିଲରେ ଘଟିଛି। ଭିଜିଲାନ୍ସ ଟିମ୍ ଲାଞ୍ଚ ଟଙ୍କା ଜବତ କରିବା ସହିତ କନିଷ୍ଠ କିରାଣୀଙ୍କୁ ଗିରଫ କରିଛି ।ଯଶୀପୁର ବ୍ଲକ୍ କାଳିଆଣି ଗାଁର ଭୀଷ୍ମ ଚରଣ ହେମ୍ବ୍ରମ ନିଜର ଜମିପଟ୍ଟା ପାଇବା ପାଇଁ ତହସିଲ୍ ଅଫିସ୍‌ରେ ଆବେଦନ କରିଥିଲେ। ମାତ୍ର ତାଙ୍କୁ ଜମି ପଟ୍ଟା ମିଳୁନଥିଲା। ବାରମ୍ବାର ତହସିଲ୍ ଅଫିସ୍ ଯାଇ ନିରାଶ ହୋଇ ଫେରୁଥିଲେ ଭୀଷ୍ମ। ତେବେ ତହସିଲ ଅଫିସ୍‌ର କନିଷ୍ଠ କିରାଣି ଭାର୍ଗବ ଚନ୍ଦ୍ର ମହାକୁଡ଼ ତାଙ୍କୁ ଲାଞ୍ଚ ମାଗିଥିଲେ। ବହୁ ମୂଲଚାଲ ପରେ ଡିଲ୍ ଫାଇନାଲ୍ ହୋଇଥିଲା। ପରେ ସେ ୧୫ ହଜାର ଟଙ୍କା ଦେଇଥିଲେ। ଭୀଷ୍ମ



ଏନେଇ ଭିଜିଲାନ୍ସରେ ଅଭିଯୋଗ କରିଥିଲେ। ଯୋଜନା ମୁତାବକ ଆଜି ଭୀଷ୍ମ ବାକିଥିବା ୪୦,୦୦୦ ଟଙ୍କା ଭାର୍ଗବ ଚନ୍ଦ୍ର ମହାକୁଡଙ୍କୁ ଦେଉଥିଲେ। ଏହି ସମୟରେ ସାଦା ପୋଷାକରେ ଥିବା ଉପସ୍ଥିତ ଭିଜିଲାନ୍ସ କର୍ମଚାରୀମାନେ ତାଙ୍କୁ ମାଡି ବସିଥିଲେ। ଭାର୍ଗବ ଭିଜିଲାନ୍ସ କର୍ମଚାରୀଙ୍କୁ ଦେଖି ନେଉଥିବା ଲାଞ୍ଚ ଟଙ୍କା ଫିଙ୍ଗି ଦେଇଥିଲେ। ଏହା ସତ୍ତ୍ୱେ ଭିଜିଲାନ୍ସ ତାଙ୍କୁ ଗିରଫ କରିବା ସହିତ ଲାଞ୍ଚ ଟଙ୍କା ଜବତ କରିଥିଲା। ଏହି ଚଢ଼ଉରେ ବାରିପଦା, ବାଲେଶ୍ୱର ଓ କେନ୍ଦୁଝର ଜିଲ୍ଲାର ଭିଜିଲାନ୍ସ ଟିମ୍ ସାମିଲ ଥିଲେ।

## ଆପଣଙ୍କ ପାଇଁ ମୁଁ ପଲ୍ଲୀରୁ ଦିଲ୍ଲୀ ଯାଏଁ ଲଢିବି

### ପଦ୍ମପୁରରେ ବିଜେଡି ପ୍ରାର୍ଥୀଙ୍କ ପାଇଁ ପ୍ରଚାର କଲେ ମୁଖ୍ୟମନ୍ତ୍ରୀ

ଭୁବନେଶ୍ୱର, ୨।୧୨(ପି.ଏନ): ବିଜେଡି ମୁଖ୍ୟ ତଥା ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଶୁକ୍ରବାର ଦିନ ପଦ୍ମପୁର ନିର୍ବାଚନମଣ୍ଡଳୀ ଗସ୍ତରେ ଆସି ବିଜେଡି ପ୍ରାର୍ଥୀ ବର୍ଷା ସିଂ ବରିହାଙ୍କ ସପକ୍ଷରେ ପ୍ରଚାର କରିଛନ୍ତି। ସେ ଏହି ଅବସରରେ ଉଦବୋଧନ ଦେଇ ଜୟ ନୃସିଂହନାଥରୁ ଭାଷଣ ଆରମ୍ଭ କରିଛନ୍ତି। ଗଙ୍ଗାଧର ମେହେରଙ୍କ ପବିତ୍ର ମାଟିକୁ ପ୍ରଣାମ ଜଣାଇଲେ ନବୀନ । ଖାଲି ଏତିକି ନୁହେଁ ପଦମପୁରବଭସୀଙ୍କୁ ଜୁହାର ଜଣାଇବା ସହ ଆପଣଙ୍କ ସୁଖ ଦୁଃଖରେ ମୁଁ ସବୁବେଳେ ସାମିଲ ହୋଇଛି ବୋଲି କହିଛନ୍ତି। ଆପଣଙ୍କ ପାଇଁ ମୁଁ ପଲ୍ଲୀରୁ ଦିଲ୍ଲୀ ଯାଏଁ ଲଢିବି ବୋଲି ସେ କହିଛନ୍ତି । ସେ କହିଛନ୍ତି ଯେ , ଗରିବ ଲୋକଙ୍କ ହକ୍ ପାଇଁ ମୁଁ ଲଢୁଛି ।କେନ୍ଦୁପତ୍ର ତୋଳାଳିଙ୍କ ହକ୍ ଓ ଚାଷୀଙ୍କ ଉନ୍ନତି ପାଇଁ ମୁଁ କାମ କରୁଛି। ଆପଣଙ୍କ ପାଇଁ ମୁଁ ପଲ୍ଲୀରୁ ଦିଲ୍ଲୀ ଯାଏଁ ଲଢିବି। ମୁଁ କଥାରେ ନୁହେଁ କାମରେ ବିଶ୍ୱାସ କରେ। ଆପଣମାନଙ୍କର ସବୁ ସ୍ୱପ୍ନ ସାକାର ହେବ। ମା'ମାନଙ୍କୁ ଉଦ୍ୟୋଗୀ କରିବା ଆମର ଲକ୍ଷ୍ୟ।

## ତାଲିବାନ ଶାସନର କୁତ୍ସିତ ଚେହେରା: ସାଥୀରେ ପୁରୁଷ ଅଭିଭାବକ ନଥିବାରୁ ମହିଳାଙ୍କୁ ନିର୍ଦ୍ଧୁମ ପିଟିଲେ



କାବୁଲ,୨।୧୨(ପି.ଏନ): ପୁଣି ଲଜ୍ଜା। ଆଫଗାନିସ୍ତାନର ତାଲିବାନ ଶାସନର ମହିଳା ବିରୋଧୀ କୁତ୍ସିତ ଚେହେରା ସାମ୍ନାକୁ ଆସିଛି। ଜଣେ ମହିଳା ତାଙ୍କ ପୁରୁଷ ଅଭିଭାବକ ବିନା ବାହାରକୁ ଯାଇଥିବାରୁ ତାଙ୍କୁ ଅକଥନୀୟ ନିର୍ଯାତନାର ଶିକାର ହେବାକୁ ପଡିଛି। ସମ୍ପୃକ୍ତ ମହିଳାଙ୍କୁ ଦୁଇ ଜଣ ତାଲିବାନୀ ବାଡିରେ ନିର୍ଦ୍ଧୁମ ପିଟୁଥିବା ଦେଖିବାକୁ ମିଳିଛି। ଏହି ଭିଡିଓ ଏବେ ସୋଶାଲ ମିଡିଆରେ ବୁଲୁଛି। ସବ୍‌ନମ ନସମି ନାମକ ଜଣେ ମହିଳା ଟ୍ୱିଟରରେ ଏହି ଭିଡିଓ ସେୟାର କରିଛନ୍ତି। ଟଖର ପ୍ରୋଭିଡେନ୍ସରେ ଏହି ଘଟଣା ଘଟିଥିବା ସେ ଦର୍ଶାଇଥିବା ବେଳେ ତାଲିବାନୀ ଶାସକଙ୍କ ବର୍ବରକାଣ୍ଡକୁ ତୀବ୍ର ନିନ୍ଦା କରିଛନ୍ତି। ସାରା ବିଶ୍ୱରେ ଆଫଗାନିସ୍ତାନ ମହିଳାଙ୍କ ପାଇଁ ନର୍କ ପାଲଟିଥିବା ସେ ଲେଖିଛନ୍ତି ।ଚୋରି ଏବଂ ନୈତିକ ଅପରାଧ ରେ ଦୋଷୀ ସାବ୍ୟସ୍ତ ହେବା ପରେ ଗତ ବୁଧବାର ଆଫଗାନିସ୍ତାନ କୋର୍ଟଙ୍କ ନିର୍ଦ୍ଦେଶରେ ୩ଜଣ ମହିଳା ଏବଂ ୧୧ ଜଣଙ୍କୁ ମାଡ ମରାଯାଇଥିଲା। ଆଫଗାନିସ୍ତାନର ସର୍ବୋଚ୍ଚ ନେତା ହିବତୁଲ୍ଲା ଇସଲାମିକ୍ ଆଇନର କେତେକ ଦିଗକୁ ସମ୍ପୂର୍ଣ୍ଣ ରୂପେ କାର୍ଯ୍ୟକାରୀ କରିବାକୁ ବିଚାରପତିମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି। ଯେଉଁଥିରେ ସର୍ବସାଧାରଣରେ ଫାଶି, ପଥର ଫିଙ୍ଗିବା ଏବଂ ଚୋରମାନଙ୍କ ପାଇଁ ଅଙ୍ଗ କାଟିବା ଅନ୍ତର୍ଭୁକ୍ତ ରହିଛି। ଏଠାରୁ ବିଭିନ୍ନ ଅପରାଧରେ ଅଭିଯୁକ୍ତଙ୍କ ସହ ହେଉଥିବା ଭୟଙ୍କର ଦଣ୍ଡବିଧାନର ଚିତ୍ର ସୋଶାଲ ମିଡିଆରେ ଆସୁଛି। ।ତାଲିବାନ ନିୟମିତ ଭାବରେ ସର୍ବସାଧାରଣରେ ଅଭିଯୁକ୍ତଙ୍କୁ ଦଣ୍ଡବିଧାନ ପାଳି ଆସୁଥିଲା।

### ଆସନ୍ତାକାଲି ପୁଣି ଥରେ ପଦ୍ମପୁରରେ ପ୍ରଚାର ମଇଦାନକୁ ଓହ୍ଲାଇବେ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ

ଭୁବନେଶ୍ୱର,୨।୧୨(ପି.ଏନ): ନଭେମ୍ବର ୨୯ରୁ ଡ଼ିସେମ୍ବର ୧ ପର୍ଯ୍ୟନ୍ତ ପଦ୍ମପୁର ନିର୍ବାଚନମଣ୍ଡଳୀରେ ମାରାଥନ ପ୍ରଚାର କରିବା ପରେ ପୁଣି ଥରେ ଆସନ୍ତାକାଲି ପଦ୍ମପୁରରେ ପ୍ରଚାର କରିବେ କେନ୍ଦ୍ର ଶିକ୍ଷା, ଦକ୍ଷତା ବିକାଶ ଏବଂ ଉଦ୍ୟମିତା ମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ ।ଶନିବାର ଶ୍ରୀ ପ୍ରଧାନ ପ୍ରଥମେ ଝାରବନ୍ଧ ବ୍ଲକ ଜଗଦଲପୁର ଠାରେ ଆୟୋଜିତ ବିଶାଳ ଜନସଭାରେ ଯୋଗଦେବେ। ଏହାପରେ ପଦ୍ମପୁରରେ ରୋଡ ସୋ' ମାଧ୍ୟମରେ ଦଳୀୟ ପ୍ରାର୍ଥୀ ପ୍ରଦୀପ ପୁରୋହିତଙ୍କ ପାଇଁ ପ୍ରଚାର କରିବାର କାର୍ଯ୍ୟକ୍ରମ ରହିଛି। ପୂର୍ବରୁ କେନ୍ଦ୍ରମନ୍ତ୍ରୀ ଶ୍ରୀ ପ୍ରଧାନ ପାଇକମାଳ, ପଦ୍ମପୁର ଓ ଝାରବନ୍ଧ ବ୍ଲକର ବିଭିନ୍ନ ଗ୍ରାମ ପଂଚାୟତରେ ପ୍ରଚାର କରି ସାରିଛନ୍ତି।

## ବିଷାକ୍ତ ଫଳ ଖାଇ ଅରେଇକଣା ସ୍କୁଲର ବହୁ ଛାତ୍ରଛାତ୍ରୀ ଅସୁସ୍ଥ; ଚିକିତ୍ସା ପାଇଁ ମେଡିକାଲରେ ଭର୍ତ୍ତି

ଭଦ୍ରକ, ୨।୧୨(ପି.ଏନ): ଭଦ୍ରକ ଜିଲା ଭଣ୍ଡାରିପୋଖରୀ ବ୍ଲକର ପାଟୁଳି ପଂଚାୟତ ଅନ୍ତର୍ଗତ ଅରେଇକଣା ନୋଡାଲ ଉପ୍ରା ବିଦ୍ୟାଳୟର ବହୁ ଛାତ୍ରଛାତ୍ରୀ ଆଜି ବିଷାକ୍ତ ଫଳ ଖାଇ ଅସୁସ୍ଥ ହେବା ସହ ମେଡିକାଲରେ ଚିକିତ୍ସିତ ହେଉଥିବା ଜଣାଯାଇଛି। ବିଦ୍ୟାଳୟର ଜନୈକ ଅଷ୍ଟମ ଶ୍ରେଣୀ ଛାତ୍ର ଦିନ ପ୍ରାୟ ୧୧.୩୦ମି. ସମୟରେ ବିଦ୍ୟାଳୟ ହତା ଶୌଚାଳୟ ନିକଟରେ ଥିବା 'ବନ୍ଧୁରି' ନାମକ ଫଳ ଖାଇବା ସହ ପକେଟରେ କିଛି ଫଳ ଆଣିଥିଲେ। ଖେଳ ଛୁଟି ସମୟରେ କେତେକ ପିଲା ମିଳିମିଶି ଏହି ଫଳ ଖାଇଥିଲେ। ଫଳକୁ ଛଡାଇ ଧଳାରଙ୍ଗର ମଞ୍ଜିଅଂଶକୁ ପ୍ରାୟ ୧୫ ରୁ ୨୦ ଜଣ ପିଲା ଖାଇଥିଲେ। ଦିନ ପ୍ରାୟ ୨ଟା ବେଳେକୁ ଜଣେ ପ ମ ଶ୍ରେଣୀ ଛାତ୍ରର ମୁଣ୍ଡ ଘୁରାଇଥିଲା। ଖବର ପାଇ ଅଭିଭାବକ ଭଣ୍ଡାରିପୋଖରୀ ମେଡିକାଲକୁ ଚିକିତ୍ସା ପାଇଁ ଛାତ୍ରକୁ ଆଣିଥିଲେ। ଏହା ପରେ ଜଣକ ପରେ ଜଣେ ଛାତ୍ରଛାତ୍ରୀ ଅସୁସ୍ଥ ହୋଇ ପଡିଥିଲେ। ଅସୁସ୍ଥ ଅନୁଭବ କରିଥିବା ୨୨ ଜଣ ଛାତ୍ରଛାତ୍ରୀଙ୍କୁ ମେଡିକାଲକୁ ଅଣାଯାଇଥିଲା। ସେମାନଙ୍କ ମଧ୍ୟରୁ ୧୫ ଜଣଙ୍କୁ ଚିକିତ୍ସା ପାଇଁ ଭର୍ତ୍ତି କରାଯାଇଥିଲା। ଅନ୍ୟମାନଙ୍କୁ ପ୍ରାଥମିକ ଚିକିତ୍ସା ପରେ ଛାଡି ଦିଆଯାଇଥିଲା। ଅସୁସ୍ଥ ଛାତ୍ରଛାତ୍ରୀମାନେ ବାନ୍ତି କରିବା ସହ ଦୁର୍ବଳ ଅନୁଭବ କରିଥିଲେ। ଖବର ପାଇ ବ୍ଲକ ଶିକ୍ଷାଧିକାରୀ ଅଧିର କୁମାର ତରାଇ, ଏବିଇଓ ଅକ୍ଷୟ କୁମାର ଜେନା, ଉମେଶ ଜେନା, ଶିକ୍ଷାସଂଯୋଜକ କୈଳାସ ସାମଲ, ଶିକ୍ଷକ ଚକ୍ରଧର ସାହୁ ପ୍ରମୁଖ ମେଡିକାଲକୁ ଆସି ଚିକିତ୍ସା ବ୍ୟବସ୍ଥା ତଦାରଖ କରିଥିଲେ। ଇତି ମଧ୍ୟରେ ୫ଜଣ ପିଲା ଚିକିତ୍ସିତ ହୋଇ ଘରକୁ ଫେରିଥିବା ଜଣାଯାଇଛି। ତେବେ ଅସୁସ୍ଥ ଥିବା ସମସ୍ତ ପିଲାମାନେ ବିପଦମୁକ୍ତ ଅଛନ୍ତି ବୋଲି ମେଡିକାଲ ଅଧିକ୍ଷକ ତଥା ବରିଷ୍ଠ ଶିଶୁରୋଗ ବିଶେଷଜ୍ଞ ଡାକ୍ତର କମଳାକାନ୍ତ ସ୍ୱାଇଁ ସୂଚନା ଦେଇଛନ୍ତି। ଏହି ଘଟଣା ସ୍ଥାନୀୟ ଅଂଚଳରେ ଆଲୋଡନ ସୃଷ୍ଟି କରିଛି।

## ଏମ୍ସ ଭୁବନେଶ୍ୱରରେ ସଫଳତାର ସହିତ ଏଣ୍ଡୋଭାସ୍କୁଲାର ଚିକିତ୍ସା ପ୍ରକ୍ରିୟା ସମ୍ପନ୍ନ

ଭୁବନେଶ୍ୱର, ୨।୧୨(ପି.ଏନ):ଏମ୍ସ ଭୁବନେଶ୍ୱରରେ ପ୍ରଥମଥର ସଫଳତାର ସହିତ ମୁଖ୍ୟ ଧମନୀ ଦୁର୍ବଳ ପରଦାର ଅନ୍ତର୍ବାହିକା (ଏଣ୍ଡୋଭାସ୍କୁଲାର) ଚିକିତ୍ସା ପ୍ରକ୍ରିୟା ସମ୍ପନ୍ନ ହୋଇଛି। ରାଜ୍ୟରେ କୌଣସି ସରକାରୀ ସ୍ୱାସ୍ଥ୍ୟ ପ୍ରତିଷ୍ଠାନରେ ଏପରି ପ୍ରକ୍ରିୟା କରାଯିବା ପ୍ରଥମ। ଏମ୍ସ ଭୁବନେଶ୍ୱରର ରେଡିଓଲୋଜି ବିଭାଗ ପକ୍ଷରୁ ହୃଦଶଲ୍ୟ ଚିକିତ୍ସା ଏବଂ ନିଶ୍ଚେତକ ବିଭାଗ ସହାୟତାରେ ଏହି ସଫଳ ପ୍ରକ୍ରିୟା ସୁଲଭ ମୂଲ୍ୟରେ କରାଯାଇଛି। ସୂଚନା ଅନୁସାରେ ଜଣେ ବ୍ୟକ୍ତିଙ୍କର ମୁଖ୍ୟ ଧମନୀ ଏବଂ ସଂଲଗ୍ନ ବାମ ବୃକକ୍ ଧମନୀ ପରଦା ଅତ୍ୟନ୍ତ ଦୁର୍ବଳ ହୋଇପଡ଼ିଥିଲା। ତେଣୁ ଯେକୌଣସି ସମୟରେ ଉକ୍ତ ବ୍ୟକ୍ତିଙ୍କ ମୁଖ୍ୟ ଧମନୀ ଫାଟିବାର ଆଶଙ୍କା ସୃଷ୍ଟି ହୋଇଥିଲା। ଏପରି ଜଟିଳ ସ୍ଥିତିର ଅସ୍ତ୍ରୋପଚାର ରାଜ୍ୟରେ ବିରଳ କହିଲେ ଚଳେ। ଅଧିକାଂଶ କ୍ଷେତ୍ରରେ ଏପରି ଅବସ୍ଥା ପ୍ରାଣଘାତୀ ସାବ୍ୟସ୍ତ ହୋଇଥାଏ। ଅନ୍ତର୍ବାହିକା (ଏଣ୍ଡୋଭାସ୍କୁଲାର) ଚିକିତ୍ସା ପ୍ରକ୍ରିୟା ସହାୟତାରେ ଏମ୍ସ ଡାକ୍ତରଙ୍କ ଅଭିଜ୍ଞ ହାତରେ କରାଯାଇଥିବା ଏହି ପଦ୍ଧତି ରୋଗୀକୁ ନୂତନ ଜୀବନ ପ୍ରଦାନ କରିଛି। ଏହି ପ୍ରକ୍ରିୟାରେ ମୁଖ୍ୟ ଧମନୀରେ ଏକ ଷ୍ଟେଣ୍ଟ ସ୍ଥାପନ ପୂର୍ବକ ନୂତନ ମାର୍ଗ ସୃଷ୍ଟି କରାଯାଇଥାଏ। ଉଲ୍ଲେଖଯୋଗ୍ୟ ଯେ ଘରୋଇ ହସ୍ପିଟାଲରେ ଏହି ପ୍ରକ୍ରିୟା ଅତ୍ୟନ୍ତ ବ୍ୟୟ ବହୁଳ ହୋଇଥାଏ। ମାତ୍ର ଏମ୍ସରେ ଏହା ବେଶ୍ ସୁଲଭ ମୂଲ୍ୟରେ କରାଯାଇଛି। ରୋଗୀ ବର୍ତ୍ତମାନ ସୁସ୍ଥ ଥିବା ଜଣାପଡିଛି। ହୃଦ୍ ଶଲ୍ୟ ଚିକିତ୍ସା ବିଭାଗର ଡ. ସତ୍ୟପ୍ରିୟ ମହାନ୍ତି, ରେଡ଼ିଓଲୋଜି ବିଭାଗର ଡ. ବିଶ୍ୱଜିତ ସାହୁ ଏବଂ ଡ. ମନୋଜ କୁମାର ନାୟକ, ନିଶ୍ଚେତକ ବିଭାଗ ମୁଖ୍ୟ ଡ. ସତ୍ୟଜିତ ମିଶ୍ର ଏବଂ ଡ. ସୌମ୍ୟ ସରକାରଙ୍କ ମିଳିତ ଉଦ୍ୟମରେ ଏହି ଜୀବନରକ୍ଷକ ଅତ୍ୟାଧୁନିକ ପଦ୍ଧତି ସଫଳତାର ସହିତ ସଂପନ୍ନ ହୋଇଛି।

## ମୁଖ୍ୟମନ୍ତ୍ରୀଙ୍କ ଜିଲ୍ଲାରେ ବିକଳ ଚିତ୍ର: ଦଳିତଙ୍କୁ ଗାଁ ପୋଖରୀ, ସ୍କୁଲ୍ ଓ ଡାକ୍ତରଖାନା ମନା !

ବ୍ରହ୍ମପୁର/ଆସିକା ,୨।୧୨(ପି.ଏନ): ଦେଶ ସ୍ୱାଧୀନ ହେବାର ଏତେ ବର୍ଷ ପରେ ମଧ୍ୟ ଉଦ୍ ?ଜୀବୀତ ରହିଛି ଜାତିଆଣ ଭାବନା। ରହିଛି ଛୁଆଁଛୁଇଁର ଭେଦଭାବ ! ତାହା ପୁଣି ରାଜ୍ୟ ମୁଖିଆଙ୍କ ଜିଲ୍ଲା ଗଞ୍ଜାମରେ। ଏଠି କୁଆଡ ? ଏକ ଗାଁରେ ଦଳିତମାନଙ୍କୁ ପୋଖରୀରେ ଗାଧୋଇବାକୁ ଦିଆଯାଉ ନାହିଁ। ଦଳିତ ପରିବାରର ଛୋଟ ଛୋଟ ପିଲାଙ୍କ ସ୍କୁଲ ଯିବା ଉପରେ ପ୍ରତିବନ୍ଧକ ଲଗାଯାଇଛି। ଡାକ୍ତରଖାନା ବି ମନା ହୋଇଛି । ଯେଉଁଥିପାଇଁ ଦଳିତ ଲୋକମାନେ ଗତ ୩ ମାସରେ ନାନା ନିର୍ଯାତନାରେ ସନ୍ତୁଳି ହେଉଥିବା ଅଭିଯୋଗ ହୋଇଛି। ତେବେ ଦଳିତଙ୍କ ଏପରି ଅଭିଯୋଗକୁ ଖଣ୍ଡନ କରିଛନ୍ତି ସ୍ଥାନୀୟ ସରପଞ୍ଚ ।ଆସିକା ଥାନା ହରିଡାପଦର ଗାଁରେ ୨୦୦ରୁ ଅଧିକ ଦଳିତ ପରିବାର ବସବାସ କରୁଛନ୍ତି। ହେଲେ ସେମାନଙ୍କୁ ଉଚ୍ଚ ଜାତିର ଲୋକେ ନାନା ହଇରାଣ କରୁଥିବା ଅଭିଯୋଗ ହୋଇଛି। ଦଳିତ ଲୋକଙ୍କ ଅଭିଯୋଗ ଅନୁସାରେ ଉଚ୍ଚ ଜାତିର ଲୋକେ କୁଆଡ ? ଗାଁ ପୋଖରୀ ତୁଠରେ ବାଡ ବୁଜି ଦେଇଛନ୍ତି। ଯେଉଁଥିପାଇଁ ଦଳିତ ମହିଳା ଓ ପୁରୁଷମାନେ ଗାଁ ପୋଖରୀକୁ ଗାଧୋଇବାକୁ ଯାଇପାରୁ ନାହାନ୍ତି। ଠିକ୍ ? ସେହିପରି ଗାଁ ମନ୍ଦିର ପ୍ରବେଶ ଉପରେ ପ୍ରତିବନ୍ଧକ ଲଗାଇଛନ୍ତି। ଅସୁସ୍ଥ ଦଳିତ ଲୋକଙ୍କୁ ଡାକ୍ତରଖାନା ଯିବାକୁ ଦେଉନାହାନ୍ତି। କେତେକ ଉଚ୍ଚ ଜାତିର ଲୋକ ଗାଁରେ କଙ୍ଗାରୁ କୋର୍ଟ ବସାଇ ଦଳିତଙ୍କୁ ଏପରି ନିର୍ଯାତନା ଦେଉଥିବା ଅଭିଯୋଗ ହୋଇଛି ।ଖାଲି ଏତିକି ନୁହେଁ, ଦଳିତ ଜାତିର ଛୋଟ ଛୋଟ ପିଲାଙ୍କୁ ମଧ୍ୟ ସ୍କୁଲ ଯିବାକୁ ଦେଉନାହାନ୍ତି। ତେଣୁ ଗତ ୩ ମାସ ହେଲା ପିଲାମାନେ ସ୍କୁଲ ଯାଉନାହାନ୍ତି। କହିବାକୁ ଗଲେ ପିଲାମାନଙ୍କ ପାଠପ ?। ଏକପ୍ରକାର ଠପ୍ ? ହୋଇଯାଇଛି। ମିଳିଥିବା ସୂଚନା ଅନୁସାରେ ହରଡ଼ାପଦରରେ ଥିବା ଆନନ୍ଦ ଚନ୍ଦ୍ର ଉଚ୍ଚ ପ୍ରାଥମିକ ସ୍କୁଲରେ ଗତ ନଭେମ୍ବର ୨୨ ତାରିଖ ପରଠାରୁ ପ୍ରାୟ ୪୦ ପ୍ରତିଶତ ଛାତ୍ରଛାତ୍ରୀ ଅନୁପସ୍ଥିତ ରହିଛନ୍ତି। ଅନୁପସ୍ଥିତ ଏହି ଛାତ୍ରଛାତ୍ରୀମାନେ ଦଳିତ ବୋଲି ଜଣାପଡିଛି ।ଦଳିତମାନେ ଏନେଇ ଆସିକା ଥାନାରେ ଲିଖିତ ଅଭିଯୋଗ




କରିଥିଲେ। ଆଇଆଇସି ମାମଲାର ସମାଧାନ କରିବେ ବୋଲି ପ୍ରତିଶ୍ରୁତି ଦେଇଥିଲେ। ପରେ ବିବାଦ ସମାଧାନ ପାଇଁ ଉଭୟ ପକ୍ଷକୁ ପୁଲିସ୍ ? ଡାକି ବୁଝାମଣା କରିଥିଲା। ଏହା ପରେ ମଧ୍ୟ ପରିସ୍ଥିତି ସ୍ୱାଭାବିକ ହୋଇନଥିଲା। ବରଂ ପରିସ୍ଥିତି ଆହୁରି ଜଟିଳ ହୋଇଥିଲା ।ଆଜି ଶତାଧିକ ଦଳିତ ଲୋକ ବ୍ରହ୍ମପୁର ଆଇଜି କାର୍ଯ୍ୟାଳୟ ଘେରାଉ କରିଥିଲେ। ପରେ ଆଇଜିଙ୍କୁ ଏକ ଦାବିପତ୍ର ପ୍ରଦାନ କରିଥିଲେ ।ପୀଡିତ ବୁଦ୍ଧିରାମ ନାଏକ କହିଛନ୍ତି, "ଆମକୁ ଡାକ୍ତରଖାନା ଯିବାକୁ ଦିଆଯାଉ ନାହିଁ। ପୋଖରୀରେ ଗାଧୋଇବାକୁ ମଧ୍ୟ ଦେଉନାହାନ୍ତି। ସ୍କୁଲ ଯିବା ପାଇଁ ପିଲାମାନଙ୍କୁ ବାରଣ କରାଯାଉଛି। ମାଡ ମରା ଯାଉଛି। ସବର୍ଣ୍ଣମାନେ ଆମକୁ ୩ ମାସ ହେଲା ବାସନ୍ଦ କରି ରଖିଛନ୍ତି। ଆମ ଗୁହାରୀ କେହି ଶୁଣୁନାହାନ୍ତି ।"ବାଉରି କୁଳ ଜିଲ୍ଲାସଙ୍ଗଠକ ଅମର ନାହାକ କହିଛନ୍ତି, "ପୋଖରୀ ତୁଠକୁ ଯିବା ରାସ୍ତାରେ ବାଡ ବସାଇ ଦିଆଯାଇଛି। ତେଣୁ ଦଳିତମାନେ ପୋଖରୀକୁ ଗାଧୋଇବା ପାଇଁ ଯାଇପାରୁ ନାହାନ୍ତି। ପିଲାମାନଙ୍କୁ ସ୍କୁଲ ଯିବାକୁ ଦେଉନାହାନ୍ତି। ତେଣୁ ଗତ ୩ ମାସ ହେଲା ପିଲାମାନେ ଅପାଠୁଆ ହୋଇ ଘରେ ଅଛନ୍ତି। ମନ୍ଦିରକୁ ଛାଡି ନାହାନ୍ତି। କଙ୍ଗାରୁ କୋର୍ଟ କରି ଅସବର୍ଣ୍ଣଙ୍କୁ ସାମାଜିକ ବାସନ୍ଦ କରିଛନ୍ତି ସବର୍ଣ୍ଣ ଲୋକମାନେ। ଗାଁରେ ରଖାଇ ଦେଉନାହାନ୍ତି। ସବର୍ଣ୍ଣଙ୍କ ନିର୍ଯାତନାରେ ଶିକାର ହୋଇ ଦଳିତମାନେ ଥାନାର ଦ୍ୱାରସ୍ଥ ହୋଇଥିଲେ। ମାମଲାର ସମାଧାନ ହେବ ବୋଲି ଆଇଆଇସି ପ୍ରତିଶ୍ରୁତି ଦେଇଥିଲେ। ହେଲେ ମାମଲାର ସମାଧାନ ହେଉନି ।"ଦଳିତଙ୍କ ଅଭିଯୋଗକୁ ଖଣ୍ଡନ କରିଛନ୍ତି ସ୍ଥାନୀୟ ସରପଞ୍ଚ ଜୟନ୍ତୀ ବେହେରା। ସେ କହିଛନ୍ତି, "ଅଭିଯୋଗ ସମ୍ପୂର୍ଣ୍ଣ ମିଥ୍ୟା। ସ୍କୁଲ, ଅଙ୍ଗନବାଡି, ମେଡିକାଲ ଓ ପଞ୍ଚାୟତ ଅଫିସ୍ ? ହେଉଛି ସରକାରଙ୍କର। ସେମାନଙ୍କୁ କିଏ ମନା କରିବ? ଗାଁରେ କ'ଣ ପାଇଁ ବିରୋଧ କରାଯାଉଛି, ସେ ବିଷୟରେ ମୁଁ ଜାଣିନି। ଗାଁରେ ଯଦି କିଛି ସମସ୍ୟା ହୋଇଛି, ତା'ହେଲେ ସରପଞ୍ଚ ହିସାବରେ ମୋତେ କାହିଁକି ସେମାନେ ଜଣାଇନାହାନ୍ତି? ତେଣୁ ସେମାନେ ଯାହା ଯାହା କହୁଛନ୍ତି ସବୁ ମିଛ।" ସେପଟେ ଏନେଇ ଆଇଜି କିମ୍ବା ଗାଁର ଅପର ଗୋଷ୍ଠୀର ପ୍ରତିକ୍ରିୟା ମିଳିପାରି ନାହିଁ।

## ବାଲିଆ ବାଣ ବିସ୍ଫୋରଣଘଟଣାରେ କେନ୍ଦ୍ରାପଡା କଂଗ୍ରେସର ଆହତଙ୍କୁ ସହାୟତାପାଇଁ ମୁଖ୍ୟମନ୍ତ୍ରୀଙ୍କୁ ଦାବିପତ୍ର

କେନ୍ଦ୍ରାପଡ଼ା, ୨।୧୨(ପି.ଏନ): କେନ୍ଦ୍ରାପଡା ବ୍ଲକ ଓ ନଗର କଂଗ୍ରେସ କମିଟିର ପ୍ରତିନିଧିଗଣ ଆଜି ଜିଲାପାଳଙ୍କ ଅନୁପସ୍ଥିତିରେ ଉପଜିଲାପାଳ ନିରଞ୍ଜନ ବେହେରାଙ୍କୁ ଭେଟି ମୁଖ୍ୟମନ୍ତ୍ରୀଙ୍କ ଉଦେଶ୍ୟରେ ଏକ ଦାବିପତ୍ର ପ୍ରଦାନ କରିଥିଲେ। ସେମାନେ ଏହି ଦାବି ପତ୍ରରେ ଉଲ୍ଲେଖ କରିଛନ୍ତି ଯେ କେନ୍ଦ୍ରାପଡା ବ୍ଲକ ଅନ୍ତର୍ଗତ ବାଲିଆଠାରେ ନଭେମ୍ବର ୨୩ତାରିଖରେ ଭୟଙ୍କର ବାଣ ଦୁର୍ଘଟଣା ଘଟି ଇତିମଧ୍ୟରେ ୧୦ଦିନ ବିତିଯାଇଥିଲେ ମଧ୍ୟ ମୁଖ୍ୟମନ୍ତ୍ରୀଙ୍କର କୌଣସି ସହାୟତା କିମ୍ବା ସହାନୁଭୂତି ମିଳିପାରିନାହିଁ। ଏହି ୧୦ଦିନ ମଧ୍ୟରେ ଦୁଇଜଣ ପ୍ରାଣ ହରାଇଛନ୍ତି ଓ ୬ଜଣ ଏସ.ସି.ବି. ମେଡିକାଲ କଲେଜର ଆଇସିୟୁରେ ସଙ୍କଟାପର୍ଣ୍ଣ ଅବସ୍ଥାରେ ମୃତ୍ୟୁ ସହ ସଂଗ୍ରାମ କରୁଛନ୍ତି । ସରକାରଙ୍କ ତରଫରୁ ଜିଲାପାଳ ଆଇସିୟୁ ରୋଗୀଙ୍କ ପାଇଁ ୨୦ହଜାର ଓ ସାଧାରଣ ବେଡ୍‌ରେ ଥିବା ରୋଗୀମାନଙ୍କୁ ୧୦ହଜାର ଟଙ୍କା ଦେଇ ହାତ ଟେକିଦେଛନ୍ତି । ଏପରିଏକ ମର୍ମନ୍ତୁଦ ଘଟଣାପ୍ରତି ରାଜ୍ୟ ସରକାରଙ୍କ ଆଭିମୁଖ୍ୟ ଅତ୍ୟନ୍ତ ଦୁର୍ଭାଗ୍ୟଜନକ । ଆମ ନଗର ଓ ବ୍ଲକ କଂଗ୍ରେସ କମିଟି ଏହାକୁ ଘୋର ନାପସନ୍ଦ କରୁଛି । ଆମ ଜିଲାର ନିର୍ବାଚିତ ପ୍ରତିନିଧିମାନେ କେବଳ ଡାକ୍ତରଖାନାରେ ରୋଗୀମାନଙ୍କୁ ଦର୍ଶନକରି ଆତ୍ମ ସନ୍ତୋଷ ଲାଭକରୁଛନ୍ତି । ପ୍ରାଣ ହରାଇଥିବା ୨ଜଣଙ୍କ ମଧ୍ୟରୁ ପୌରା ଳର ଜୟୀପୁରା ଗ୍ରାମର ସ୍ୱର୍ଗତ ପିଂଟୁ ଖାଁଙ୍କ ପରିବାରକୁ ଅତିରିକ୍ତ ୩୦ହଜାର ଟଙ୍କା ଜିଲା ପ୍ରଶାସନ ପ୍ରଦାନକରି ନୀରବ ରହିଛନ୍ତି । ଏହା କିନ୍ତୁ କେବଳ ଜନ ଆନ୍ଦୋଳନ ଫଳରେ ସମ୍ଭବ ହୋଇଛି। କଂଗ୍ରେସ ତରଫରୁ ଓଡ଼ିଶା ବିଧାନସଭାରେ କଂଗ୍ରେସ ବିଧାୟକ ଦଳନେତା ନରସିଂହ ମିଶ୍ର ଓ କଂଗ୍ରେସ ବିଧାୟକ ଦଳର ମୁଖ୍ୟ ଛାଟିଆ ତାରା ପ୍ରସାଦ ବାହିନୀ ପତି ଏହି ପ୍ରସଙ୍ଗ ଉଠାଇ ଘୋର ଉଦବେଗ ପ୍ରକାଶ କରିବା ସହ ମୃତ ତଥା ଆହତ ପରିବାରକୁ ଆର୍ଥିକ ସହାୟତା ଓ ଘଟଣାରେ ସମ୍ପୃକ୍ତ ଦୋଷୀମାନଙ୍କ ବିରୋଧରେ ଦଣ୍ଡ ବିଧାନପାଇଁ ସରକାରଙ୍କଠାରେ ଦୃଢ ଦାବି କରିଛନ୍ତି।






# ପୁରାଣ କାହାଣୀ

# ବିଶ୍ୱ ନିର୍ମାଣର ସ୍ରଷ୍ଟା 'ବିଶ୍ୱକର୍ମା'

ଦେବ ଶିଳ୍ପୀ ବିଶ୍ୱକର୍ମା ଏ ବିଶ୍ୱର ସମସ୍ତ ନିର୍ମାଣ କାର୍ଯ୍ୟର ସ୍ରଷ୍ଟା । ସେ ବ୍ରହ୍ମାଙ୍କ ନାଭି ମଣ୍ଡଳରୁ ଜାତ ବୋଲି ଧର୍ମ ଶାସ୍ତ୍ରମାନଙ୍କରେ ଉଲ୍ଲେଖ ରହିଛି । ସେ କନ୍ୟା ସଂକ୍ରାନ୍ତି ଦିନ ମର୍ତ୍ତ୍ୟ ଲୋକରେ ଆବିର୍ଭୁତ ହୋଇଥିବାରୁ ସେହିଦିନ ମର୍ତ୍ତ୍ୟଲୋକର ସମସ୍ତ ଶିଳ୍ପୀକୂଳ ତାଙ୍କରି ପୂଜା ଏବଂ ଆରାଧନା କରି ଥାଆନ୍ତି ।

ବିଶ୍ୱକର୍ମା ବିଶ୍ୱର ବିନ୍ଧାଣୀ । ସେ ବୈକୁଣ୍ଠବାସୀ ଓ ସର୍ବଗୁଣ ସମ୍ପନ୍ନ । ସର୍ବଶକ୍ତିମାନ, ସର୍ବନିୟନ୍ତା, ବାୟୁରୂପେ ସର୍ବବିଦ୍ୟମାନ, ବାସ୍ତୁବିଦ୍ୟାର ଦେବତା ଏବଂ ନିର୍ମାଣ କାର୍ଯ୍ୟର ଦଣ୍ଡଧାରୀ ଦେବତା ।



ବ୍ରହ୍ମବୈବର୍ତ୍ତ ପୁରାଣରେ ବ୍ରହ୍ମାଙ୍କ ନାଭିରୁ ଜାତ, ପୁରାଣରେ ସେ ଦେବ ଶିଳ୍ପୀ । ଏମିତି ଭିନ୍ନ ଭିନ୍ନ ନାମରେ ସେ ପରିଚିତ । ତାଙ୍କରି ହାତ ସ୍ପର୍ଶରେ କୁବେରଙ୍କର ଅଳକାପୁର, ଦ୍ୱାରକା ନଗର, ସ୍ୱର୍ଣ୍ଣଲଙ୍କା, କୃଷ୍ଣ ନିବାସ, ସେତୁ ବନ୍ଧ ନିର୍ମାଣ, ଇନ୍ଦ୍ରଭୁବନ, ଗୋଲକଧାମ, ସୁଦାମା ପୁରୀ, ମହାଲକ୍ଷ୍ମୀଙ୍କ ସମୁଦ୍ରକୁଳସ୍ଥ ମର୍ତ୍ତ୍ୟ ବୈକୁଣ୍ଠ, କଳାକାରଖାନା, ମଠ ମନ୍ଦିର, ମସଜିଦ, ଗାଡିମଟର, ଉଡାଜାହାଜ, ଛପାଖାନା, ରେଳ ଗାଡି, ଟିଭି, ରେଡିଓ, କମ୍ପ୍ୟୁଟର ଆଦି ।ଆମ ଚାରିପଟେ ଦେଖୁଥିବା ତିନିପୁରର ସମସ୍ତ ନିର୍ମାଣ ମଣିଷ କିଛି କରେ ନାହିଁ । ମଣିଷ ଦେହରେ ବିଜେ ହୋଇ ସେ ହିଁ ସବୁ କରି ଥାଆନ୍ତି । ଅନେକଙ୍କ ମତରେ କୃଷି ଓ ବୃଷ୍ଟିର ଦେବତା ହେଉଛନ୍ତି ବିଶ୍ୱକର୍ମା । ବିଶ୍ୱକର୍ମା ଉଭୟ ବୈଦିକ ଓ ପୌରାଣିକ ଦେବତା । ଆଧୁନିକ ରୂପରେ ସେ ରୂପରେ ଗୌର । ହସ୍ତରେ ବିଭିନ୍ନ ମାନଦଣ୍ଡ, ଚାରି ଭୂଜା ବାମ ଉପର ହସ୍ତରେ ବଟାଳି, ନିମ୍ନହସ୍ତରେ ମାର୍ତୁଲ ବା ନିକିତି, ଦକ୍ଷିଣ ଉର ହସ୍ତରେ ଚକ୍ର ଧାରଣ କରି ପୂଜା ପାଉଛନ୍ତି । ଶ୍ୱେତ ବସ୍ତ୍ର ପରିଧାନ କରିବା ସହ କାନ୍ଧରେ ପଇତା ପକାଇ ଭକ୍ତଙ୍କୁ ଦର୍ଶନ ଦିଅନ୍ତି । ତେଣୁ ବିଭିନ୍ନ ଶିଳ୍ପ ସଂସ୍ଥାରେ ଏହି ବିଶ୍ୱକର୍ମାଙ୍କ ପୂଜା ଧୁମଧାମରେ ପାଳନ କରାଯାଏ ।



# ଟି ଟାଇମ୍

## ଦେବୀ ରାଧାଙ୍କ ଜନ୍ମ ରହସ୍ୟ

ବ୍ରହ୍ମବୈବର୍ତ୍ତ ପୁରାଣରେ ଦେବୀ ରାଧାଙ୍କ ଜନ୍ମ ରହସ୍ୟ କଥା ଉଲ୍ଲେଖ କରାଯାଇଛି । ଦେବୀ ରାଧା ଭଗବାନ୍ ଶ୍ରୀକୃଷ୍ଣଙ୍କ ସହ ଗୋଲକରେ ନିବାସ କରୁଥାନ୍ତି । ଥରେ ଗୋଲକରେ ଦେବୀ ସୀତା ନଥିଲେ । ଶ୍ରୀକୃଷ୍ଣ ବିରଜା ନାମକ ପତ୍ନୀଙ୍କ ସହ ବିବାହ କରୁଥିଲେ । କୃଷ୍ଣ ଓ ବିରଜାଙ୍କ ବିବାହର କଥା ରାଧାଙ୍କୁ ସୂଚନା ମିଳିବା ମାତ୍ରେ ସେ ଗୋଲକକୁ ଆସିଲେ । ସେ କୃଷ୍ଣ ଓ ବିରଜାଙ୍କୁ ଦେଖି ରାଗିଯାଇ ଶ୍ରୀକୃଷ୍ଣଙ୍କୁ ଅନେକ କଥା ଶୁଣାଇଲେ । ଯାହାଫଳରେ ଶ୍ରୀକୃଷ୍ଣଙ୍କ ମିତ୍ର ସୁଦାମାଙ୍କୁ କ୍ରୋଧ ଆସିଲା । ସେ କ୍ରୋଧିତ ହୋଇ ଦେବୀ ରାଧାଙ୍କୁ ଅପମାନ କଲେ । ଯାହାଫଳରେ ଦେବୀ ରାଧା ଓ ସୁଦାମା ପରସ୍ପରକୁ ଅଭିଶାପ ଦେଲେ । ସୁଦାମାଙ୍କ ଅଭିଶାପ କଥା ରାଧା ଶ୍ରୀକୃଷ୍ଣଙ୍କୁ କହିଥିଲେ । ଶ୍ରୀକୃଷ୍ଣ ଦେବୀ ରାଧାଙ୍କୁ କହିଥିଲେ ଯେ ପୃଥିବୀରେ ତୁମେ ଗୋକୁଳରେ ଦେବୀ କୀର୍ତ୍ତି ଏବଂ ବୃଷଭାନୁଙ୍କ କନ୍ୟାରୂପେ ଜନ୍ମଗ୍ରହଣ କରିବ । ସେଠାରେ ତୁମର ବିବାହ ରାୟାଣ ନାମକ ଏକ ବୈଶ୍ୟ ସହ ହେବ ଏବଂ ସାଂସାରିକ ଭାବେ ତୁମେ ରାୟାଣଙ୍କ ପତ୍ନୀ ବୋଲି କୁହାଯିବ । ରାୟାଣ ହେଉଛି ମୋର ଏକ ଅଂଶ । ରାଧା ରୂପରେ ତୁମର ମୋର ପ୍ରିୟା ହୋଇ ରହିବ ଏବଂ କିଛି ସମୟ ପାଇଁ ଆମ ମଧ୍ୟରେ ବିଚ୍ଛେଦ ହେବ । ସୁଦାମାଙ୍କ ଅଭିଶାପରେ ଗୋକୁଳରେ ଦେବୀ ରାଧା କୀର୍ତ୍ତି ଏବଂ ବୃଷଭାନୁଙ୍କୁ କନ୍ୟା ରୂପରେ ଜନ୍ମଗ୍ରହଣ କଲେ ।

# ଭାଇଜାନ୍‌ଙ୍କ ଚମକ



୫୧ ବର୍ଷରେ ପାଦ ଦେଇଛନ୍ତି ଦବଙ୍ଗ ଷ୍ଟାର୍ ସଲମନ୍ ଖାଁ। କନ୍ତୁ ସଲ୍ଲୁଙ୍କ କ୍ରେଜ୍ ଏବେବି କମିନି। ବୟସ ୫୧ ଛୁଇଁଲେ ବି ତାଙ୍କର ପ୍ରତିଟି ନୂଆ ଫିଲ୍ମ ଦର୍ଶକଙ୍କୁ ଦେଇଛି ନୂଆ ଟେଷ୍ଟ ଆଉ ବକ୍ସ ଅଫିସରେ କରିଛି ନୂଆ ରେକର୍ଡ। ବୟସ ସହିତ ତାଳଦେଇ ବଢ଼ିଚାଲିଛି ଦବଙ୍ଗ୍ ଷ୍ଟାରଙ୍କ କ୍ରେଜ୍। 'ବିବି ହୋ ୱୀସି'ରୁ କ୍ୟାରିଅର୍ ଆରମ୍ଭ କରିଥିବା ସଲ୍ଲୀ ମିଆଁ ବଲିଉଡିରେ ୨୫ରୁ ଅଧିକ ବର୍ଷ ବିତାଇ ସାରିଲେଣି। ଫ୍ଲପ୍ ହିଟର ଏକ୍ସପେରିମେଣ୍ଟ କରୁକରୁ ସଲମାନ୍ ବନି ଯାଇଛନ୍ତି ବଲିଉଡର ବ୍ୟାଙ୍କବେଲ୍ ଷ୍ଟାର। ଯାହାଙ୍କୁ ନେଇ ପ୍ରଡ୍ୟୁସର କେବେ ବି ଆଶଙ୍କା ସୃଷ୍ଟି କରନ୍ତି ନାହିଁ। କାରଣ ଲଗାତର୍ ସେ ଦେଇଚାଲିଛନ୍ତି ଗୋଟିଏ ପରେ ଗୋଟିଏ ବ୍ଲକ ବ୍ଲଷ୍ଟର ହିଟ୍। ଛୋଟ ପରଦାରେ ତାଙ୍କ ହୋଷ୍ଟିଂ ମଧ୍ୟ ଖୁବ୍ ହିଟ୍ ହୋଇଛି। ଚଳିତ ବର୍ଷ ଫ୍ୟାନଙ୍କୁ 'ବଜରଙ୍ଗୀ ଭାଇଜାନ୍' ଓ 'ପ୍ରେମରତନ ଧନ ପାୟୋ' ଭଳି ଦୁଇଟି ସୁପରହିଟ୍ ଫିଲ୍ମ ଭେଟି ଦେଇଛନ୍ତି ସଲମାନ୍। ଆସନ୍ତା ବର୍ଷ ରିଲିଜ୍ ହେବାକୁ ଥିବା ସୁଲତାନ କେବେ ପରଦାକୁ ଆସୁଛି ତାହାକୁ ହିଁ ଅପେକ୍ଷା।

# ଗୋରୁଙ୍କ ଫାଟୁଆ ରୋଗ ଚିକିତ୍ସା

ଦେଶର ବିଭିନ୍ନ ସ୍ଥାନରେ ଗୋରୁଗାଈଙ୍କୁ ନୃଶଂସ ଭାବେ ହତ୍ୟା କରାଯାଉଥିବା ବେଳେ ଏହାକୁ ନେଇ ବୁଦ୍ଧିଜୀବୀ ମହଲରେ ଉଦ୍‌ବେଗ ଓ ପ୍ରତିବାଦର ସ୍ୱର ଉତ୍ତୋଳିତ ହୋଇଛି । ଏଭଳି ପରିସ୍ଥିତିରେ ଦୁଇ ବିଦେଶୀ ନାଗରିକ କଷ୍ଟ ଲାଘବ ଗୋରୁଗାଈଙ୍କ ପାଇଁ ଜୋତା ତିଆରି କରବା ବାସ୍ତବରେ ଏକ ସ୍ୱାଗତଯୋଗ୍ୟ ପଦକ୍ଷେପ । ଘଟଣାଟି ହେଉଛି ଦୁଇ ବ୍ରିଟିଶ ଇନ୍‌ଭେଷ୍ଟର ନିଜ ବ୍ୟବସାୟକୁ ବିଶ୍ୱସ୍ତରରେ ପ୍ରସାର କରିବା ଉଦ୍ଦେଶ୍ୟରେ ଗୋରୁଗାଈଙ୍କ



ପାଇଁ ଜୋତା ତିଆରି କରୁଛନ୍ତ । ଯାହାଫଳରେ ଗୋରୁଗାଈଙ୍କୁ ଖୋରାଜନିତ ଯନ୍ତ୍ରଣାରୁ ଉପସମ ମିଳିବ । ୪୦ବର୍ଷୀୟ ରୋବର୍ଟ ଟାଡ଼ ଓ ୪୩ବର୍ଷୀୟ ମାଇକ ବ୍ରିମ୍ବଲ ମିଳିତଭାବେ ଏହି ଜୋତା ପ୍ରସ୍ତୁତ କରୁଛନ୍ତି । ଏହି ଜୋତାକୁ ୪୨ଟି ଦେଶରେ ବିକ୍ରି ପାଇଁ ଛଡ଼ାଯାଇଛି । ଏହି ଦେଶମାନଙ୍କ ମଧ୍ୟରେ ଅଷ୍ଟ୍ରେଲିଆ, କାନାଡ଼ା ଓ ୟୁଏସ୍‌ଏ ସାମିଲ ରହିଛି । ପ୍ରୋଜେକ୍ଟ ମ୍ୟାନେଜର ମାଇକ୍ କହନ୍ତି, ତାଙ୍କର ଏହି ନିଆରା ଉଦ୍ୟମକୁ କେତେକ ଦେଶରେ ବେଶ୍ ପ୍ରଶଂସା କରାଯାଇଛି । ବିଶେଷକରି ୟୁରୋପର ଏକ ପ୍ରାଣୀ ଚିକିତ୍ସାଳୟରୁ ମାଇକଙ୍କ ପାଖକୁ ଶୁଭେଚ୍ଛା ବାର୍ତ୍ତା ମଧ୍ୟ ଆସିଛି । ଆଉ କିଛି ବ୍ୟକ୍ତି ଏହି ଜୋତା ବ୍ୟବସାୟ ପାଇଁ ଆଗ୍ରହ ପ୍ରକାଶ କରି ଲାଇସେନ୍ସ ବାହାର କରିବାରେ ଲାଗିପଡ଼ିଛନ୍ତି । ମାଇକ ପେସାରେ ଜଣେ କୃଷକ । କୃଷିକ୍ଷେତ୍ରରେ କାମକରୁଥିବା ସମୟରେ ହଳକରୁଥିବା ଦୁଇ ବଳଦଙ୍କ ଖୋରାରୁ ରକ୍ତ ବାହାରୁଥିବା ଦେଖି ମାଇକ୍ ସେମାନଙ୍କ ପାଇଁ ଜୋତା ତିଆରି କରିବାର ପରିକଳ୍ପନା କରିଥିଲେ ଯାହାକୁ ସେ ଆଜି ବାସ୍ତବ ରୂପ ଦେଇଛନ୍ତି।

# ବିଲେଇ ଶାଳା

ଯଦି ଏହି ପୃଥିବୀରେ ବିଲେଇମାନଙ୍କ ପାଇଁ କେଉଁଠି ସ୍ୱର୍ଗଥାଏ ତେବେ ତାହା ହେଉଛି କାଲିଫର୍ଣ୍ଣିଆ। ଦି କ୍ୟାଟ୍ ହାଉସ୍ ଅନ୍ ଦି କିଙ୍ଗସ୍ ନାମରେ ପ୍ରସିଦ୍ଧ ଏକ ଘରେ ବର୍ତ୍ତମାନ ୭୦୦ ବିଲେଇ ବାସ କରନ୍ତି। ବିଲେଇମାନଙ୍କ ରହିବା ପାଇଁ ସେଠାରେ ୯ଟି ଭିନ୍ନ ଭିନ୍ନ ସ୍ଥାନ ତିଆରି କରାଯାଇଛି। ଏହାକୁ ବିଶ୍ୱର ସବୁଠାରୁ ବଡ ବିଲେଇ ଅଭ୍ୟାରଣ୍ୟ ବୋଲି କୁହାଯାଏ। ଏହି ଘରର ନିର୍ମାଣ ୧୯୯୨ରେ କରାଯାଇଥିଲା, ସେହିଦିନଠାରୁ ବର୍ତ୍ତମାନ ପର୍ଯ୍ୟନ୍ତ ପ୍ରାୟ ୨୪ ହଜାର ବିଲେଇଙ୍କୁ



ଏଠାରେ ପୋଷା ଯାଇସାରିଲାଣି। ଏହି ବିଲେଇ ଘରର ନିର୍ମାଣ ଲିନିୟା ଲତାଞ୍ଜିୟୋ କରିଥିଲେ। ଲିନିୟା କୁହନ୍ତି, ମୁଁ ଚାହୁଁନି ଯେ, କୌଣସି ବିଲେଇ ପିଞ୍ଜରାରେ କଏଦ୍ ହୋଇ ରୁହନ୍ତୁ। ସେମାନଙ୍କୁ ଖୁବ୍ ଜୋର୍‌ରେ ଦୌଡିବା ଏବଂ ଗଛ ଉପରେ ଚଢ଼ିବା ଅଧିକାର ଅଛି। ଏହି କାରଣ ଯୋଗୁଁ ମୁଁ ଏହି ଅଭ୍ୟାରଣ୍ୟର ନିର୍ମାଣ କରିଥିଲି। ସେ କୁହନ୍ତି ମୁଁ ପ୍ରତିଦିନ ଏଭଳି ବିଲେଇଙ୍କୁ ଖୋଜେ, ଯାହାକୁ ଲୋକେ ଛାଡି ଦେଇଥାଆନ୍ତି। ସେମାନଙ୍କୁ ମୁଁ ମୋର ଏହି ଘରକୁ ଆଣେ। ଏହି ବିଲେଇ ଅଭ୍ୟାରଣ୍ୟର ଫଟୋକୁ ଫଟୋଗ୍ରାଫର କ୍ରିଷ୍ଟିନା ଗେଣ୍ଡଲ୍ଲୋ ଉଠାଇଛନ୍ତି, ଯିଏକି ଲାସ୍ ଏଞ୍ଜୋଲିସ୍‌ରେ ବାସ କରନ୍ତି। ସେ କୁହନ୍ତି, ମୁଁ ଏହି ଫଟୋ ଜରିଆରେ ଲିନିୟା ଏବଂ ତାଙ୍କ ଦଳର ସଦସ୍ୟ କିଭଳି ପରିଶ୍ରମ କରୁଛନ୍ତି ତାହା ଜଣାଇବା ପାଇଁ ଚେଷ୍ଟା କରିଛି।

## ଫଟୋସପ୍‌ର କମାଲ୍

ଥିଓଡର। ତା'ବୟସ ମାତ୍ର ୧୦ ମାସ। ଏତେ କମ୍ ବୟସରେ ସେ ଚିତା ବାଘ ଉପରେ ବସି ମସ୍ତି କରେ ତ ଆଉ କେତେ ବେଳେ ହାତୀର ଶୁଣ୍ଢ ସହ ଖେଳେ। କେତେବେଳେ ଭାଲୁ ସହ ଶୋଇଯାଏ ତ ଆଉ କେତେବେଳେ ସିଲ୍ ମାଛ ସହ ତାଳରେ ତାଳ ମିଶାଇ ଗୀତ ଗାଏ। ଆପଣମାନେ ଭାବୁଥିବେ ଏତେ କମ୍ ବୟସ୍କ ଛୁଆଟି ଏଭଳି ଭୟାନକ ପଶୁଙ୍କ ସହ କିଳଭି ଖେଳିପାରେ। ପ୍ରକୃତରେ ଏହା ହେଉଛି ଫଟୋସପ୍‌ର କମାଲ୍। ଅଷ୍ଟ୍ରିୟାରେ ବାସ କରୁଥିବା ଡେନିଏଲା ବେବିକ୍ ନିଜ ଫଟୋଗ୍ରାଫିର ସଉକ୍‌କୁ ପୂରଣ କରିବା ପାଇଁ ଏକ୍ସପେରିମେଣ୍ଟ କରୁକରୁ ଏଭଳି ଫଟୋ ପ୍ରସ୍ତୁତ କରିଛନ୍ତି, ଯାହାକୁ ଦେଖି ଲୋକେ ଚକିତ ହୋଇଯିବେ। ସୂଚନା ଯୋଗ୍ୟ ଯେ, ଡେନିଏଲ୍‌ଙ୍କୁ ଫଟୋଗ୍ରାଫି ଏବଂ ଫଟୋସପ୍‌ରେ କାମ କରିବା ଦ୍ୱାରା ଆନନ୍ଦ ମିଳେ। ସେ ସର୍ବଦା କିଛି ନୂଆ କରିବାରେ ବିଶ୍ୱାସ କରନ୍ତି।

## ଦି ଇଣ୍ଟରଭ୍ୟୁ ଟାଇମ୍ସର ୮ମ ବାର୍ଷିକ ଉତ୍ସବ ପାଳିତ



ଭୁବନେଶ୍ୱର : ରାଜ୍ୟର ଅଗ୍ରଣୀ ମାସିକ ପତ୍ରିକା "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ୮ମ ବାର୍ଷିକ ଉତ୍ସବ ହୋଟେଲ୍ ସ୍ୱସ୍ତି ପ୍ରିମିୟମ୍, ଭୁବନେଶ୍ୱରଠାରେ ଅନୁଷ୍ଠିତ ହୋଇଯାଇଅଛି । "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସମ୍ପାଦକ ଦିବ୍ୟଜିତ୍ ସାହୁଙ୍କ ସଭାପତିତ୍ୱରେ ଏହି କାର୍ଯ୍ୟକ୍ରମକୁ ରଣେନ୍ଦ୍ର ପ୍ରତାପ ସ୍ୱାଇଁ (ଖାଦ୍ୟ ଯୋଗାଣ ମନ୍ତ୍ରୀ), ଡଃ ଅରୁଣ କୁମାର ସାହୁ (କୃଷି ମନ୍ତ୍ରୀ) ଉଦ୍‌ଘାଟନ କରିଥିଲେ । ମୁଖ୍ୟଅତିଥି ଭାବେ ଜଷ୍ଟିସ୍ ମଦନ ମୋହନ ଦାସ (ବିଚାରପତି), ଶ୍ରୀଯୁକ୍ତ ତାରାରଂଜନ ପଟ୍ଟନାୟକ (ପ୍ରତିଷ୍ଠାତା-ଫାଲ୍‌କନ୍ ମେରାଇନ୍) ଏବଂ ରାକେଶ ମୋହନ (ବେଦାନ୍ତ ଲିମିଟେଡ୍) ଯୋଗ ଦେଇଥିଲେ । ଏହି ଅବସରରେ ଅତିଥିମାନେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ପ୍ରୟାସକୁ ସାଧୁବାଦ୍ ଜଣାଇବା ସହ ସଫଳତା କାମନା କରିଥିଲେ । ମଞ୍ଚସଭା ପରେ ପରେ ବିଭିନ୍ନ କ୍ଷେତ୍ରରେ ପାରଦର୍ଶୀତା ଲାଭ କରିଥିବା ୨୦ଜଣ ବିଶିଷ୍ଟ ବ୍ୟକ୍ତିଙ୍କୁ "ଦି ଇଣ୍ଟରଭ୍ୟୁ ଟାଇମ୍ସ" ପରିବାର ତରଫରୁ ସମ୍ମାନଜନକ "ଶ୍ରେଷ୍ଠ-୨୦ ଓଡ଼ିଶାର ପ୍ରେରଣାଦାୟୀ ବ୍ୟକ୍ତି" ଭାବେ ସମ୍ବର୍ଦ୍ଧିତ କରାଯାଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ସ୍ୱତନ୍ତ୍ର ସଂଖ୍ୟା "ଭିଜନ୍ ଅଫ୍ ଓଡ଼ିଶା-୨୦୧୯" ଉନ୍ମୋଚିତ ହୋଇଥିଲା । ଏହି କାର୍ଯ୍ୟକ୍ରମରେ "ଦି ଇଣ୍ଟରଭ୍ୟୁ ଟାଇମ୍ସ"ର ମୁଖ୍ୟ କାର୍ଯ୍ୟନିର୍ବାହୀ ଅଧିକାରୀ ଦିଲୀପ କୁମାର ମହାନ୍ତି ଏବଂ ଉପଦେଷ୍ଟା ସୁଚିସ୍ମିତା ପୃଷ୍ଟି ଉପସ୍ଥିତ ଥିଲେ । ପରିଶେଷରେ ସହ-ସମ୍ପାଦକ ଶୁଭୋଜିତ୍ ପଣ୍ଡା ଧନ୍ୟବାଦ ଅର୍ପଣ କରିଥିଲେ ।

# ଏବେ ଇ-ଟୁଥବ୍ରସ୍

ଲୋକମାନଙ୍କର ବଞ୍ଚିବା ଷ୍ଟାଇଲ ଯଦି ସ୍ମାର୍ଟ, ସେମାନେ ବ୍ୟବହାର କରୁଥିବା ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ଯେପରି ମୋବାଇଲ, କମ୍ପ୍ୟୁଟର ଆଦି ସ୍ମାର୍ଟ ତେବେ ଏଥିରୁ ଟୁଥବ୍ରସ୍ ବା କାହିଁକି ବାଦ ପଡ଼ିବ। ଟୁଥବ୍ରସ୍‌ର କେତେକ କମ୍ପାନୀ ଏବେ ଇ-ଟୁଥବ୍ରସ୍ ବନାଇବାକୁ ଯୋଜନା କରୁଛନ୍ତି। ଏହି ଇ-



ଟୁଥବ୍ରସ୍ ଆପଣଙ୍କ ଦାନ୍ତକୁ ସଫା କରିବା ସହିତ ନୋଟ୍ କରିଥାଏ କି ଆପଣଙ୍କର ଦାନ୍ତ କେତେ ସଫାସୁତୁରା ଅଛି। ସେହି ଡାଟାକୁ ଏକ ଖାସ୍ ଆପ ସାହାଯ୍ୟରେ ଆପଣଙ୍କର ସ୍ମାର୍ଟ ଫୋନ୍ ଓ ଆଇଫୋନ୍‌କୁ ପଠାଇଥାଏ। ଏହି ଆପ ସାହାଯ୍ୟରେ ଆପଣ ଜାଣି ପାରିବେ ଯେ ଆପଣଙ୍କର ବ୍ରସ୍ କରିବା ଷ୍ଟାଇଲରେ ଦାନ୍ତ ଠିକ୍ ଭାବେ ସଫା ହେଉଛି ନା ନାହିଁ ଓ ବ୍ରସ୍ କରିବା ଫଳରେ ଆପନଙ୍କ ଦାନ୍ତ ମାଢ଼ି ର କୌଣସି କ୍ଷତି ହେଉନାହିଁ ତ। ପ୍ରତିଦିନର ବ୍ରସ୍ କରିବା ପରେ ସେହି ବ୍ରସ୍ ଦାନ୍ତର ସୁସ୍ଥତା ଓ ଦାନ୍ତ ସଫା ହୋଇଛି ନା ନାହିଁ ନିୟମିତ ସୁଚନା ଦେଇଥାଏ। ଏହା ବ୍ୟତୀତ ଏହି ସ୍ମାର୍ଟ ଟୁଥବ୍ରସ୍ ଦାନ୍ତକୁ ସଠିକ୍ ଭାବେ ସଫା କରିବାର ପ୍ରକ୍ରିୟା ମଧ୍ୟ ବତାଇଦେବ।

# ଫିନାଇଲ ବ୍ୟବହାର କରୁଛନ୍ତି କି ?

ଫିନାଇଲିରେ ଏମିତି କିଛି ବିଷାକ୍ତ ପଦାର୍ଥ ମିଶିଛି ଯାହା ଆମ ଶରୀରରେ ସ୍ଲୋପଜଏଜ ଭଳି କାମ କରିଥାଏ। ବହୁ ଅଧ୍ୟୟନରୁ ଜଣାପଡିଛି ଯେ, ସଫା କରିବା ପାଇଁ ବ୍ୟବହୃତ ହେଉଥିବା ଫିନରାଇଲରେ ବହୁତ କ୍ଷତିକାର ତତ୍ତ୍ୱ ମିଶିକରି ରହିଥାଏ। ଫିନାଇଲିରେ ରହିଥାଏ ଶକ୍ତିଶାଳୀ ଫିନେଲ, ଯାହା ରୋଗାଣୁରୋଧକ ଏବଂ କୀଟାଣୁନାଶକ କାମ କରିଥାଏ। ଯେତେବେଳେ ଏହାକୁ ଲାଟିନ୍ କିମ୍ବା ବାଥ୍‌ରୁମ୍ ସଫାକରିବା ପାଇଁ ବ୍ୟବହାର କରାଯାଏ ତ ଏଥିରେ ଥିବା କେମିକାଲ ବହୁତ ସମୟ ଧରି ନିଶ୍ୱାସ ପ୍ରଶ୍ୱାସରେ ନେଲେ ବହୁ ଗୁରୁତ୍ୱପୂର୍ଣ୍ଣ ଅଙ୍ଗ ଯଥା ପେଟ, ଅନ୍ତ, ଲିଭର, କିଡନୀ ଏବଂ ହାର୍ଟକୁ କ୍ଷତି ପହଞ୍ଚାଇଥାଏ। ବେଳେ ବେଳେ ଏହାର ପରିମାଣ ଖୁବ ଭୟଙ୍କର ହୋଇଥାଏ। ସମୟ ପୂର୍ବରୁ ଯଦି ଏହାର ଚିକିତ୍ସା ନକରାଯାଏ ତ ସ୍ଥିତି ଗମ୍ଭୀର ହୋଇପାରେ। ଫିନାଇଲ ଆଖି ଏବଂ ତ୍ୱଚା ସଂସ୍ପର୍ଶରେ ଆସିଲେ ଜଳାପୋଡା ହେବା ସହ ଏହାର ଅଧିକ ବ୍ୟବହାର ଦୃଷ୍ଟିଶକ୍ତି ଚାଲିଯବାର ବହୁ ସମ୍ଭାବନା ରହିଛି। ଠିକ୍ ସେହିଭଳି ଏହା ନିଶ୍ୱାସ




ମାଧ୍ୟମରେ ଭିତରକୁ ଚାଲିଯାଏ ତ ନାକ, ଗଳା ଏବଂ ଫୁସ୍‌ଫୁସ୍‌ର ଭିତର ଅଂଶ ଜଳାପୋଡା ହୋଇପାରେ। ଫିନାଇଲକୁ ନେଇ ଆମର ମସ୍ତିଷ୍କ ଖୁବ୍ ସମ୍ବେଦନଶୀଳ। ଫିନାଇଲ୍ ଦ୍ୱାରା ହୃଦଘାତ ଏବଂ କୋମାକୁ ଚାଲିଯିବାର ସମ୍ଭାବନା ରହିଛି।

## ଆଜିର ଭାଗ୍ୟ

**ମେଷ** – ସେବା ମନୋଭାବ ଯୋଗୁଁ କର୍ମକ୍ଷେତ୍ରରେ ସମ୍ମାନୀୟ ବ୍ୟକ୍ତି ବିଶେଷଙ୍କଠାରୁ ସାହାଯ୍ୟ ସହଯୋଗ ପାଇବେ। ବ୍ୟବସାୟ ଓ ନିର୍ମାଣ କ୍ଷେତ୍ରରେ ସମସ୍ୟର ସମାଧାନ ହେବ। ଶତ୍ରୁ ବୃଦ୍ଧି ହୋଇପରେ। ମହିଳାମାନେ ମାନସିକ ଚିନ୍ତାର ଶିକାର ହେବେ।

**ବୃଷ** – ନିଜ ଲୋକମାନେ ଇର୍ଷା ପରାୟଣ ହୋଇ ପରିସ୍ଥିତିକୁ ଭିନ୍ନ ରୂପ ଦେଲେ ମଧ୍ୟ ଆପଣ ନିଜର କଳା କୌଶଳ ପ୍ରୟୋଗ କରି ଜୟ ଯୁକ୍ତ ହେବେ। ଅର୍ଥ ସଂଗ୍ରହ କରିବାରେ ତତ୍ପରତା ପ୍ରକାଶ କରିବେ। ମହିଳାମାନେ ଅପମାନିତ ହୋଇପରନ୍ତି।

**ମିଥୁନ** – ସମସ୍ୟା ଉପରେ ସମସ୍ୟାର ସମାଧାନ କରି ବ୍ୟସ୍ତ ବିବ୍ରତ ହୋଇ ପଡିବେ। ସାଧାରଣ କଥାକୁ କେନ୍ଦ୍ର କରି ମନରେ ବିରକ୍ତି ଭାବ ସୃଷ୍ଟି ହୋଇପାରେ। ଆର୍ଥିକ ସ୍ୱଚ୍ଛଳତା ଓ ବନ୍ଧୁଙ୍କର ସାନ୍ନିଧ ଲାଭରୁ ଖୁସି ହେବେ।

**କର୍କଟ** – ପ୍ରତ୍ୟେକ କ୍ଷେତ୍ରରେ ସମସ୍ୟା ଆସିବାରୁ ମନ ଭାରାକ୍ରାନ୍ତ ରହିବ। ସ୍ତ୍ରୀଙ୍କ ସ୍ୱାସ୍ଥ୍ୟ ସକାଶେ ଚିନ୍ତା କରିପାରନ୍ତି। ରାଜନୀତି କ୍ଷେତ୍ରରେ ପଦ ମର୍ଯ୍ୟାଦ ବୃଦ୍ଧି ପାଇବ। ଆଗାମୀ ମାଙ୍ଗଳିକ କାର୍ଯ୍ୟ ସକାଶେ ତତ୍ପରତା ପ୍ରକାଶ ପାଇବ।

**ସିଂହ** – ପ୍ରତ୍ୟେକ କ୍ଷେତ୍ରରେ ସଫଳତା ମିଳିବ। ସାମ୍ପତ୍ୟ ଜୀବନରେ ବୁଝାମଣା ନେଇ ତିକ୍ତତା ଦେଖା ଦେଇପାରେ। ନିର୍ମାଣ କ୍ଷେତ୍ରରେ ପ୍ରତିବନ୍ଧକ ସୃଷ୍ଟି ହୋଇପରେ। ଯେତେ ଭଲ କାମ କଲେ ମଧ୍ୟ ପ୍ରଶଂସା ବଦଳରେ ଅଭିଯୋଗ ପାଇବେ।

**କନ୍ୟା** – ପ୍ରତ୍ୟେକ କ୍ଷେତ୍ରରେ ଖର୍ଚ୍ଚାନ୍ତ ହୋଇ ଆଶା ପୂରଣ କରିବେ। କର୍ମକ୍ଷେତ୍ରରେ ସଙ୍କଟର ସମ୍ମୁଖୀନ ହେଲେ ମଧ୍ୟ କାର୍ଯ୍ୟକ୍ଷେତ୍ରରେ ସଫଳତା ହାସଲ କରିବେ। ଆନୁଷ୍ଠାନିକ କାମରେ ମହିଳାମାନେ ସମସ୍ୟାର ଦୃଢ଼ ମୁକାବିଲା କରିବେ।

**ତୁଳା** – ସ୍ତ୍ରୀଙ୍କର ପ୍ରେରଣା ଓ ସହଯୋଗରୁ ଉପକୃତ ହେବେ। କର୍ମକ୍ଷେତ୍ରରେ ଅତ୍ୟଧିକ ଖର୍ଚ୍ଚ କରିବାକୁବାଧ ହେବେ। ଆଶା କରୁଥିବା ଦିଗରୁ ଶୁଭ ଖବର ପାଇବେ। ମୋଟା ଅଙ୍କର ଅର୍ଥ ଖର୍ଚ୍ଚ କରି ସ୍ଥଗିତ କାମକୁ ତ୍ୱରାନିତ୍ୱ କରିବେ।

**ବିଛା** – ଚୁରତାର ସହ ବନ୍ଧୁଙ୍କ ମନରେ ବିଶ୍ୱାସ ଜନ୍ମାଇ କର୍ଯ୍ୟ ହାସଲ କରିବାରେ ସମର୍ଥ ହେବେ। ମାଙ୍ଗଳିକ କାର୍ଯ୍ୟ ସକାଶେ ଆଲୋଚନାରେ ବ୍ୟସ୍ତ ରହିବେ। ମନୋରଞ୍ଜନ କାର୍ଯ୍ୟକ୍ରମରେ ନିଜକୁ ନିୟୋଜିତ କରି ସାମୟିକ ଆନନ୍ଦ ପ୍ରାପ୍ତ କରିବେ।

**ଧନୁ** – ପାରିବାରିକ ଅସ୍ଥିରତା ଲାଗି ରହିଥିଲେ ମଧ୍ୟ ପ୍ରତିକୂଳ ପରିସ୍ଥିତିର ଚାପ କ୍ରମଶଃ କମ୍ ହେବ। ବନ୍ଧୁମାନଙ୍କ ଦ୍ୱାରା ସମସ୍ୟାର ସରଳ ସମାଧାନ ହେବ। ରାଜନୀତିକ ସ୍ତରରେ ଉନ୍ନତି କରିବେ। ମହିଳାମାନେ ପରିବାରର କଥାକୁ ଚିନ୍ତା କରି ଅସ୍ଥିର ହେବେ।

**ମକର** – କର୍ମକ୍ଷେତ୍ରରେ ଧୀରେ ସୁସ୍ଥେ ଗତି କରିବେ। ବ୍ୟବସାୟକୁ ଆଗକୁ ବଢ଼ାଇବା ପାଇଁ ପଦକ୍ଷେପ ଗ୍ରହଣ କରିବେ। ନିଜ ଦୋଷରୁ ନିଜ ପାଇଁ ଅସୁବିଧା ସୃଷ୍ଟି କରିବେ। ମହିଳାମାନେ ଗଠନ ମୂଳକ ପରାମର୍ଶ ପାଇ ଖୁସି ହେବେ।

**କୁମ୍ଭ** – ସନ୍ତାନମାନଙ୍କ ସ୍ୱାସ୍ଥ୍ୟ ଓ ସ୍ୱଭାବ ଯୋଗୁଁ ବିଚଳିତ ରହିବେ। ସମସ୍ୟାର ସମାଧାନ ପାଇଁ ବନ୍ଧୁଙ୍କର ସାହାଯ୍ୟ ଲୋଡିବେ। ବ୍ୟବସାୟ କ୍ଷେତ୍ରରେ ଆଶାନୁରୂପକ ଲାଭବାନ ହେବେ। ମହିଳାମାନଙ୍କର ସ୍ୱାସ୍ଥ୍ୟହାନୀ ଘଟିପାରେ।

**ମୀନ** – ଦୁଃସାହସିକ ପଦକ୍ଷେପ ନେଇ କର୍ମକ୍ଷେତ୍ରରେ ପ୍ରଶଂସିତ ହେବେ। ମଜଳିଆ କଥା କହି ବନ୍ଧୁଙ୍କୁ ଆକର୍ଷିତ କରିବେ। କେତେକ କ୍ଷେତ୍ରରେ ଚାପରୁ ସମ୍ମୁଖୀନ ହୋଇପାରନ୍ତି। ସନ୍ତାନଙ୍କ ପାଇଁ ଗୌରାବାନିତ୍ୱ ମନେ କରିବେ।




# କେନ୍ଦ୍ରାପଡ଼ାର ରାଜନୀତିକ ଦୃଶ୍ୟ !

ଶରତ କୁମାର ରାଉତ

ସାମ୍ପ୍ରତିକ ରାଜନୀତିରେ ନେତାଙ୍କୁ ଚିହ୍ନିବା ସହଜ ନୁହେଁ। ସାଧାରଣତଃ ତୃଣମୂଳ ସ୍ତରରେ ଲୋକଙ୍କ ସେବା କରି, ଲୋକଙ୍କ ସୁଖ-



ଦୁଃଖରେ ଏକାକାର ହୋଇ ନେତା ପାଲଟି ଥିବା ବ୍ୟକ୍ତି ହିଁ ବାସ୍ତବ କ୍ଷେତ୍ରରେ ଲୋକପ୍ରତିନିଧି ହେବାକୁ ଯୋଗ୍ୟ ହୋଇ ଥାଏ। ଲୋକେ ରାଜନେତାଙ୍କ କଥାରେ ନୁହେଁ, କାମରେ ବିଶ୍ୱାସ କରନ୍ତି। ନେତାଙ୍କ ମିଥ୍ୟା ପ୍ରତିଶ୍ରୁତି ଓ କପୋଳକଳ୍ପିତ କଥାରେ ସାଧାରଣ ଲୋକଙ୍କ ସମର୍ଥନ ମିଳେନାହିଁ। ବିକାଶମୂଳକ କାର୍ଯ୍ୟ ଏବଂ ସାଧାରଣ ଲୋକ ମାନଙ୍କର ମଙ୍ଗଳ ପାଇଁ ନିଷ୍ଠାପର କାର୍ଯ୍ୟ କରି ଚାଲିଲେ, ଯିଏ କେହି ଲୋକଙ୍କ ବିଶ୍ୱାସଭାଜନ ହୋଇଥାଏ। ସାଧାରଣତଃ କୁହାଯାଇଥାଏ, ଭାରତୀୟ ଗଣତନ୍ତ୍ରର ମନ୍ଦିର ଗୁଡ଼ିକୁ ଆମେ ଗଣତାନ୍ତ୍ରିକ ସଂସ୍କାର ଥିବା ଓ ସଂସଦ ବା ବିଧାନସଭାରେ ଲୋକଙ୍କ ଆଶା-ଆକାଂକ୍ଷା, ସୁଖ-ଦୁଃଖ ଏବଂ ଦୃଷ୍ଟିକୋଣକୁ ଗଣତାନ୍ତ୍ରିକ ଢ଼ଙ୍ଗରେ ଉପସ୍ଥାପିତ କରିପାରୁଥିବା ବ୍ୟକ୍ତିମାନଙ୍କୁ ନିର୍ବାଚିତ କରି ପଠାଇବା ଉଚିତ। କାରଣ ସେମାନେ ଆମର ପ୍ରତିନିଧି, ପ୍ରବକ୍ତା ଓ ସୁଖ-ଦୁଃଖର ସାଥୀ ମଧ୍ୟ। ଯେତେବେଳେ ସୁଯୋଗ୍ୟ ନେତାମାନେ ସଂସଦ ବା ବିଧାନସଭାକୁ ନିର୍ବାଚିତ ହୁଅନ୍ତି, ସେତେବେଳେ ସଂପୃକ୍ତ ଅଂଚଳ ତଥା ସାଧାରଣ ଲୋକଙ୍କ ଉନ୍ନତି ହେବା ସହ ସେହି ନେତା ନିଜ ନିର୍ବାଚନ କ୍ଷେତ୍ରରେ ଅପରାଜେୟ ହୋଇଯାଆନ୍ତି। ସମସ୍ତ ରେକର୍ଡ଼ ଭାଙ୍ଗି ରାଜ୍ୟ ଓ ଦେଶରେ ଇତିହାସ ସୃଷ୍ଟି କରନ୍ତି ! ଚିରଦିନ ପାଇଁ ଲୋକମାନଙ୍କ ମନରେ ସେମାନେ ସ୍ମରଣୀୟ ହୋଇ ରହନ୍ତି। ସେହିଭଳି ଜଣେ ନେତା ହେଲେ କେନ୍ଦ୍ରାପଡ଼ା ଲୋକସଭା କ୍ଷେତ୍ରର ପୂର୍ବତନ ସାଂସଦ ବୈଜୟନ୍ତ ପଣ୍ଡା। ଆମେରିକାରେ ପାଠପଢା ଶେଷ ପରେ ବୈଜୟନ୍ତବାବୁ ଶିଳ୍ପ କ୍ଷେତ୍ରରେ ନିଜର କାର୍ଯ୍ୟ ଆରମ୍ଭ କରିଥିଲେ। ମାତ୍ର ଧୀରେଧୀରେ ସେ ରାଜନୀତି ପ୍ରତି ଆକୃଷ୍ଟ ହୋଇଥିଲେ। ବୈଜୟନ୍ତବାବୁ ଜଣେ ପ୍ରଗତିଶୀଳ ମଣିଷ ଭାବେ ବିଭିନ୍ନ ସାମାଜିକ ଓ ଗଣ ଆନ୍ଦୋଳନ ସହିତ ନିଜକୁ ସାମିଲ କରିଛନ୍ତି। କେବଳ କେନ୍ଦ୍ରାପଡ଼ା କି ଓଡ଼ିଶା ନୁହେଁ, ଜାତୀୟ ରାଜନୀତି କ୍ଷେତ୍ରରେ ମଧ୍ୟ ସେ ନିଜର ଏକ ସ୍ୱତନ୍ତ୍ର ସ୍ଥାନ ସୃଷ୍ଟି କରିପାରିଛନ୍ତି। ଏପରିକି ଜଣେ ପ୍ରଚଣ୍ଡ ରାଜନୀତିକ ଜ୍ଞାନର ଅଧିକାରୀ ତଥା ଅଭିଜ୍ଞ ସାଂସଦ ଭାବେ ତାଙ୍କର ରାଜନୀତିକ ଓ ସଂସଦୀୟ କାର୍ଯ୍ୟଦକ୍ଷତା ତାଙ୍କୁ ଆପେ ଜାତୀୟ ରାଜନୀତି ମଂଚରେ ଛିଡ଼ା କରି ଦେଇଛି। ୨୦୦୦ ଓ ୨୦୦୬ ମସିହାରେ ସେ ରାଜ୍ୟସଭାକୁ ନିର୍ବାଚିତ ହୋଇ ୨୦୦୦ରୁ ୨୦୦୯ ପର୍ଯ୍ୟନ୍ତ ବିଜେଡ଼ି ରାଜ୍ୟସଭା ସଂସଦୀୟ ଦଳର ନେତା ପଦରେ ଅଧିଷ୍ଠିତ ହୋଇଥିଲେ। ୨୦୦୯ ଓ ୨୦୧୪ ସାଧାରଣ ନିର୍ବାଚନରେ ସେ ବିଜେଡ଼ି ଟିକଟରେ କେନ୍ଦ୍ରାପଡ଼ା ଲୋକସଭା କ୍ଷେତ୍ରରୁ ନିର୍ବାଚିତ ହୋଇ ବିଭିନ୍ନ ସଂସଦୀୟ କମିଟିର ଜଣେ ପ୍ରମୁଖ ସଦସ୍ୟ ଭାବେ ନିଜର ଦାୟିତ୍ୱ ସଫଳତାର ସହ ତୁଲାଇଥିଲେ।

ସଂସଦ ଅଧିବେଶନରେ ବୈଜୟନ୍ତ ବାବୁଙ୍କର କାର୍ଯ୍ୟଶୈଳୀ, ପ୍ରଭାବୀ ବକ୍ତୃତା ଓ ଜାତୀୟ ସ୍ତରୀୟ ବିଭିନ୍ନ ଗୁରୁତ୍ୱପୂର୍ଣ୍ଣ ଆଲୋଚନାରେ ଅଂଶଗ୍ରହଣ ତଥା ସଂସଦ ବାହାରେ, ନିଜ ରାଜ୍ୟରେ ଓ ନିଜ ନିର୍ବାଚନ ମଣ୍ଡଳୀରେ ତାଙ୍କର ଲୋକାଭିମୁଖୀ କାର୍ଯ୍ୟ ଅଦ୍ୱିତୀୟ। ସଂସଦ ଅଧିବେଶନରେ ପ୍ରଶ୍ନ-ଉତର, ବଜେଟ୍, ବିଧେୟକ, ଧ୍ୟାନାକର୍ଷଣ, ସ୍ଥଗନ, ଚର୍ଚ୍ଚା ଭଳି ମହତ୍ୱପୂର୍ଣ୍ଣ ଆଲୋଚନାରେ ବୈଜୟନ୍ତବାବୁ ଉପସ୍ଥିତ ରହି ସବୁଥିରେ ସକ୍ରିୟ ଅଂଶ ଗ୍ରହଣ କରନ୍ତି। ଦେଶରେ ଦାରିଦ୍ର୍ୟ, ଅନାହାର, ପୁଷ୍ଟିହୀନତା, ମାତୃ ଓ ଶିଶୁମୃତ୍ୟୁ, ଦାଦନ ଭଳି ବିଭିନ୍ନ ସାମାଜିକ ଓ ପ୍ରଶାସନିକ ସମସ୍ୟା ସମାଧାନ ପାଇଁ ସେ ନିୟମିତ କାର୍ଯ୍ୟ କରି ଆସିଛନ୍ତି। ଏଥିପାଇଁ ମଧ୍ୟ ସେ ସଂସଦରେ ଅନେକ ପ୍ରାଇଭେଟ୍ ମେମ୍ବର୍ସ ବିଲ୍ ଉପସ୍ଥାପନ କରିଛନ୍ତି। ୨୦୧୧ରେ ବୈଜୟନ୍ତବାବୁଙ୍କ ସମେତ ଏକ ଉଚ୍ଚସ୍ତରୀୟ ଯୁବ ସଂସଦୀୟ ଦଳ "ସିଟିଜେନ୍ସ ଆଲିଆନ୍ସ ଏଗ୍‌ନେଷ୍ଟ ମାଲ୍‌ନ୍ୟୁଟ୍ରିସନ୍" ଶିଶୁ ପୁଷ୍ଟିହୀନତାର କାରଣ ସଂପର୍କରେ ସାରା ଭାରତରେ ବୁଲି ମା', ଶିଶୁ, ଅଙ୍ଗନୱାଡ଼ୀ କର୍ମୀ ଓ ସରକାରୀ କର୍ମକର୍ତାଙ୍କୁ ଭେଟିଥିଲେ। ଏହି ଦଳ ୧ଲକ୍ଷରୁ ଉର୍ଦ୍ଧ୍ୱ ଶିଶୁ ଓ ୭୪ ହଜାରରୁ ଉର୍ଦ୍ଧ୍ୱ ମା'ଙ୍କୁ ସାକ୍ଷାତ କରି ଆଲୋଚନା କରିଥିଲେ। ଏହା ଦେଶର ସବୁଠୁ ବଡ଼ ପୁଷ୍ଟିହୀନତା ସର୍ଭେ ଥିଲା। ୨୦୧୩ରେ ରାଜନୀତିକ ବ୍ୟକ୍ତିଙ୍କ ବିରୁଦ୍ଧରେ ଥିବା ଅପରାଧିକ ମାମଲାର ବିଚାର ପାଇଁ ସ୍ପେଶିଆଲ୍ ଫାଷ୍ଟ ଟ୍ରାକ୍ କୋର୍ଟ ସ୍ଥାପନ ପାଇଁ, ୨୦୧୩ରେ ରାଜନୀତିରେ ଅପରାଧୀକରଣ ନିୟନ୍ତ୍ରଣ ପାଇଁ, ୨୦୧୪ରେ ଜଣେ ବ୍ୟକ୍ତି ଏକସମୟରେ ସଂସଦୀୟ କ୍ଷେତ୍ର ଓ ବିଧାନସଭା କ୍ଷେତ୍ର ଉଭୟରୁ ନିର୍ବାଚିତ ହୋଇ ପରେ ଯେଉଁ ଆସନରୁ ଇସ୍ତଫା ଦେବେ, ସେଠାରେ ଦ୍ୱିତୀୟ ସ୍ଥାନ ଦଖଲ କରିଥିବା ପରାଜିତ ପ୍ରାର୍ଥୀଙ୍କୁ ନିର୍ବାଚିତ ଘୋଷିତ କରିବାକୁ ସଂସଦରେ ପ୍ରାଇଭେଟ୍ ମେମ୍ବର୍ସ ବିଲ୍ ଉପସ୍ଥାପନ କରିଥିଲେ।

ସୂଚନାଯୋଗ୍ୟ ଯେ, ୨୦୧୮ ଜାନୁୟାରୀ ୨୪ ତାରିଖରେ ତାଙ୍କୁ ବିଜେଡ଼ିର ପ୍ରାଥମିକ ସଭ୍ୟ ପଦରୁ ନିଲମ୍ବନ କରାଯାଇଥିଲା, ଯାହାକୁ କେନ୍ଦ୍ରାପଡ଼ାର ସଚେତନଶୀଳ ନାଗରିକମାନେ ଗ୍ରହଣ କରିପାରି ନ ଥିଲେ। ତା.୨୮.୦୫.୨୦୧୮ରିଖରେ ବିଭିନ୍ନ କାରଣ ଦର୍ଶାଇ ବୈଜୟନ୍ତବାବୁ ବିଜେଡ଼ିରୁ ଇସ୍ତଫା ଦେଇଥିଲେ ଓ ତା.୧୨.୦୬.୨୦୧୮ ରିଖରେ ଲୋକସଭା ସଦସ୍ୟ ପଦରୁ ମଧ୍ୟ



ଇସ୍ତଫା ଦେଇଥିଲେ। ତେବେ ୨୦୧୯ ମାର୍ଚ୍ଚ ୪ ତାରିଖରେ ସେ ବିଜେପିରେ ଯୋଗ ଦେଇଥିଲେ। ଏହାର ମାତ୍ର ଚାରିଦିନ ପରେ ମାର୍ଚ୍ଚ ୮ ତାରିଖରେ ତାଙ୍କୁ ଅତି ଗୁରୁତ୍ୱପୂର୍ଣ୍ଣ ବିଜେପି ଜାତୀୟ ଉପ-ସଭାପତି ତଥା ମୁଖପାତ୍ର ପଦରେ ଅବସ୍ଥାପିତ କରାଯାଇଥିଲା। ବୈଜୟନ୍ତବାବୁ ଯେପରି ସ୍ଥାନୀୟ ସମସ୍ୟାକୁ ଗୁରୁତ୍ୱ ଦେଇ ଉନ୍ନୟନ କାର୍ଯ୍ୟକୁ ଆଗେଇ ନେଇଥା'ନ୍ତି ଓ ଲୋକଙ୍କୁ ଭଲ ପାଆନ୍ତି, ପୂର୍ବର କୌଣସି ସାଂସଦଙ୍କଠାରେ ତାହା ଦେଖାଯାଇ ନ ଥିଲା। ବାସ୍ତବରେ ସାଧାରଣ ଲୋକଙ୍କ ପାଇଁ ଉନ୍ନୟନ କାର୍ଯ୍ୟରେ ନିଜକୁ ସଂପୂର୍ଣ୍ଣ ଭାବେ ଉତ୍ସର୍ଗ କରିଥିଲେ ବୈଜୟନ୍ତବାବୁ। ତେବେ ବୈଜୟନ୍ତବାବୁ ୨୦୧୯ ଲୋକସଭା ନିର୍ବାଚନରେ କେନ୍ଦ୍ରାପଡ଼ା ଆସନରେ ତୃତୀୟ ଥର ପାଇଁ ବିଜେପି ଟିକଟରେ ପ୍ରାର୍ଥୀ ହୋଇ ପରାଜିତ ହୋଇଥିଲେ। ନିର୍ବାଚନରେ ବିଜେଡ଼ିର ଅନୁଭବ ମହାନ୍ତି ୬,୨୮,୯୩୯ ଖଣ୍ଡ ଭୋଟ ପାଇଥିଲାବେଳେ ବିଜେପିର ବୈଜୟନ୍ତ ପଣ୍ଡା ୪,୪୭,୪୫୬ ଖଣ୍ଡ ଭୋଟ ଏବଂ କଂଗ୍ରେସର ଧରଣୀଧର ନାୟକ ୧,୧୩,୮୪୧ ଖଣ୍ଡ ଭୋଟ୍ ପାଇଥିଲେ। ତେବେ ବିଜେଡ଼ିର ଅନୁଭବ ମହାନ୍ତି ତାଙ୍କର ନିକଟତମ ପ୍ରତିଦ୍ୱନ୍ଦ୍ୱୀ ବୈଜୟନ୍ତବାବୁଙ୍କୁ ୧,୮୧,୪୮୩ ଖଣ୍ଡ ଭୋଟ ବ୍ୟବଧାନରେ ପରାଜିତ କରିଥିଲେ। ଏଠାରେ ପ୍ରଶ୍ନ ଉଠିପାରେ ଯେ, କେନ୍ଦ୍ରାପଡ଼ାର ବିକାଶ ପାଇଁ ବୈଜୟନ୍ତ ବାବୁ ଅନେକ ଉନ୍ନୟନ କାର୍ଯ୍ୟ କରିବା ସହ ବହୁ ଉନ୍ନୟନ ଯୋଜନା ହାତକୁ ନେଇଥିଲେ ହେଁ ମତଦାତାମାନେ ତାଙ୍କୁ ପ୍ରତ୍ୟାଖ୍ୟାନ କଲେ କାହିଁକି ? ତେବେ ମୁଖ୍ୟତଃ ଦୁଇଟି କାରଣ ପାଇଁ ବୈଜୟନ୍ତବାବୁ ପରାଜିତ ହେଲେ ବୋଲି ରାଜନୀତିକ ସମୀକ୍ଷକମାନେ ମତ ଦେଇଥିଲେ।। ପ୍ରଥମତଃ ବିଜେପିରେ ମିଶିବା ତାଙ୍କ ପାଇଁ କାଳ ହେଲା। କାରଣ ଯେଉଁ ସଂଖ୍ୟାଲଘୁ ଭୋଟ୍, ପୂର୍ବରୁ ବୈଜୟନ୍ତବାବୁଙ୍କ ହାତମୁଠାରେ ଥିଲା, ସେ ବିଜେପିର ପ୍ରାର୍ଥୀ ହେବାପରେ ପ୍ରାୟତଃ ସବୁ ଭୋଟ ବିଜେଡ଼ି ହାତକୁ ଚାଲିଗଲା। ଦ୍ୱିତୀୟତଃ ବୈଜୟନ୍ତ ବାବୁଙ୍କ ପରିଚାଳନାଗତ ତ୍ରୁଟି ଯୋଗୁ ଯୁବ ଗୋଷ୍ଠୀର ଭୋଟଗୁଡ଼ିକ ଅତି ସହଜରେ ବିଜେଡ଼ି ଅକ୍ତିଆରକୁ ଚାଲିଗଲା। ସେହିପରି ଭୋଟ ପରିଚାଳନା ବେଳେ ସେ ତାଙ୍କର ପୁରୁଣା ସମର୍ଥକ ଓ ଶୁଭେଚ୍ଛୁମାନଙ୍କୁ ଆଡ଼େଇଦେବା ଦେଖାଯାଇଥିଲା। ଅନ୍ୟପକ୍ଷରେ ବୈଜୟନ୍ତ ବାବୁଙ୍କ ପ୍ରାର୍ଥୀତ୍ୱ ଓ ନିର୍ବାଚନ ବିଜୟ ପାଇଁ ବିଜେପିର କେତେକ ଆଗଧାଡ଼ିର ନେତା ସେମିତି କିଛି ସହଯୋଗ ଦେଇନଥିବା ସେତେବେଳେ ମନେହୋଇଥିଲା ବୋଲି ରାଜନୀତିକ ସମୀକ୍ଷକମାନେ ମତ ଦେଇଥିଲେ। ମାତ୍ର ବିଜେଡ଼ି ପ୍ରାର୍ଥୀ ତଥା ଅଭିନେତା ଅନୁଭବ ମହାନ୍ତି ଓ ତାଙ୍କର ଅଭିନେତ୍ରୀ ସହଧର୍ମିଣୀ ବର୍ଷା ପ୍ରିୟଦର୍ଶିନୀ ନିଜର ଯଥେଷ୍ଟ ଉଦ୍ୟମ ବଳରେ ଯୁବଗୋଷ୍ଠୀକୁ ନିଜ ପକ୍ଷକୁ ଆଣିପାରିଥିଲେ। ଯେଉଁଥିପାଇଁ ବିଜେଡ଼ି ସହଜ ବିଜୟଲାଭ କରିଥିଲା।

ବାସ୍ତବତା ଦେଖାଗଲେ, ବୈଜୟନ୍ତ ପଣ୍ଡା ଜଣେ ଭିନ୍ନ ଚରିତ୍ରର ମଣିଷ। ସାଂସଦ ନଥାଇ ମଧ୍ୟ ସେ ସବୁବେଳେ କେନ୍ଦ୍ରାପଡ଼ା ଅଂଚଳରେ ରହି ଲୋକମାନଙ୍କ ସୁଖ-ଦୁଃଖରେ ଭାଗୀ ହେଉଥିବା ଦେଖାଯାଉଛି। ଦଳମତ ନିର୍ବିଶେଷରେ କେନ୍ଦ୍ରାପଡ଼ାର ସାଧାରଣ ମଣିଷକୁ ସେ ବନ୍ଧୁ ଭାବରେ ଗ୍ରହଣ କରିଥିବା ବେଳେ ତାଙ୍କ ପ୍ରତି ମଧ୍ୟ କେନ୍ଦ୍ରାପଡ଼ାବାସୀଙ୍କର ଏବେ ବି ଅକୁଣ୍ଠ ସମର୍ଥନ ରହିଛି।

*-ଓଡ଼ିଶା ନ୍ୟୁଜ୍ ସର୍ଭିସ୍, ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡ଼ା, ମୋ-୯୩୩୭୩୭୬୯୪୪୮*

# ମାଗଣା ଯୋଜନା ଲଢେଇ !



ଗୁଜରାଟ ବିଧାନସଭା ନିର୍ବାଚନ ପାଇଁ ଭୋଟ ଗ୍ରହଣ ତାରିଖ ଯେତିକି ନିକଟତର ହେଉଛି, ରାଜନୈତିକ ଦଳ ଏବଂ ଦେଶବାସୀଙ୍କ ମଧ୍ୟରେ ସେତିକି ଉତ୍କଣ୍ଠା ବଢୁଛି। ଏଥର ଗୁଜରାଟ ନିର୍ବାଚନରେ ଦୁଇ ପାରମ୍ପରିକ ପ୍ରତିଦ୍ୱନ୍ଦ୍ୱୀ ବିଜେପି ଓ କଂଗ୍ରେସ ବ୍ୟତୀତ ଆମ୍ ଆଦମୀ ପାର୍ଟି (ଏଏପି) ଅବତୀର୍ଣ୍ଣ ହୋଇଛି। ତେବେ ଯେଉଁଭଳି ଢାଂଚାରେ ଏଏପି ପ୍ରଚାର ଅଭିଯାନକୁ ଜୋରଦାର କରିଛି, ସେଥିରୁ ଏହାକୁ ଅଣଦେଖା କରାଯାଇ ନ ପାରେ। ଯେଉଁଥିପାଇଁ ୨୦୨୪ ସାଧାରଣ ନିର୍ବାଚନ ପୂର୍ବରୁ ଗୁଜରାଟର ଫଳାଫଳ ଅତ୍ୟନ୍ତ ଗୁରୁତ୍ୱ ବହନ କରୁଛି ବୋଲି କୁହାଯାଇପାରେ। ତେବେ ଏଥର ତିନି ପ୍ରତିଦ୍ୱନ୍ଦ୍ୱୀ ଦଳ ପକ୍ଷରୁ ଯେଉଁ ନିର୍ବାଚନ ଇସ୍ତାହାର ପ୍ରକାଶ ପାଇଛି, ତାହା ମଧ୍ୟ ଅତ୍ୟନ୍ତ ଗୁରୁତ୍ୱପୂର୍ଣ୍ଣ। ମାଗଣା ଯୋଜନା ନେଇ ଦେଶର ଅର୍ଥନୈତିକ ବିଶାରଦଙ୍କ ଚେତାବନୀ ଓ ପ୍ରଧାନମନ୍ତ୍ରୀଙ୍କ ଉଦ୍‌ବେଗ ସତ୍ତ୍ୱେ କେହି ଏଥିରୁ ବାଦ ପଡିନାହାଁନ୍ତି। ତେବେ ପ୍ରଥମଥର ପାଇଁ ବିଜେପି ତା'ର ନିର୍ବାଚନ ଇସ୍ତାହାର ହିନ୍ଦୁତ୍ୱ ପ୍ରସଙ୍ଗକୁ ଗୁରୁତ୍ୱ ଦେଇଛି। ବିଜେପି ତା'ର ନିର୍ବାଚନ ଇସ୍ତାହାରରେ ୟୁନିୟନ ସିଭିଲ କୋଡ ସୁପାରିଶ ଲାଗୁ, ଦଙ୍ଗାକାରୀଙ୍କ ସମ୍ପତି ଜବତ, ଧର୍ମାନ୍ତରୀକରଣକୁ କଡାକଡି ଭାବେ ନିୟନ୍ତ୍ରଣ କରିବା ଆଦି ପ୍ରତିଶ୍ରୁତି ଦେଇଛି। ବିଜେପିର ଏହି ପ୍ରତିଶ୍ରୁତି ଗୁଜରାଟର ଏକ ଗୋଷ୍ଠୀଙ୍କୁ ପ୍ରଭାବିତ କରିବା ନିଶ୍ଚିତ। ଅନ୍ୟପକ୍ଷରେ କଂଗ୍ରେସ ଓ ଏଏପି ମାଗଣା ଯୋଜନା ଉପରେ ସର୍ବାଧିକ ଗୁରୁତ୍ୱ ଦେଇଥିବାବେଳେ ବିଜେପି ମାଗଣା ଯୋଜନା ସହ ହିନ୍ଦୁତ୍ୱକୁ ଗୁରୁତ୍ୱ ଦେଇଛି। ଏହା ନିଶ୍ଚିତ ଯେ, ଭାରତୀୟ ନିର୍ବାଚନ ରାଜନୀତିରେ ମାଗଣା ଯୋଜନା ଏବେ ଏକ ସାଧାରଣ ପ୍ରସଙ୍ଗ ହୋଇଯାଇଥିବା ବେଳେ ଭୋଟଦାତାଙ୍କ ମାନସିକତା ମଧ୍ୟ ବଦଳି ଯାଇଛି ବୋଲି କୁହାଯାଇପାରେ। ମାଗଣା ସଂସ୍କୃତି ପ୍ରତି ଭୋଟଦାତା ଆକୃଷ୍ଟ ହୋଇଯାଉଛନ୍ତି। ଏହାର ସୁଯୋଗ ରାଜନୈତିକ ଦଳଗୁଡିକ ଠିକ୍ ସମୟରେ ନେଉଛନ୍ତି। ଚଳିତ ନିର୍ବାଚନରେ କଂଗ୍ରେସ ଏବଂ ଏଏପି ମାଗଣାରେ ବିଦ୍ୟୁତ୍, ଶିକ୍ଷା, ସ୍ୱାସ୍ଥ୍ୟ ସେବା ଦେବା ପାଇଁ ପ୍ରତିଶ୍ରୁତି ଦେଇଥିବା ବେଳେ ରିହାତି ଦରରେ ଇନ୍ଧନ ଗ୍ୟାସ ସିଲିଣ୍ଡର, ବାର୍ଦ୍ଧକ୍ୟ ଭତା, କୃଷି ଋଣ ଛାଡ ପ୍ରତିଶ୍ରୁତି ଦେଇଥିବାବେଳେ ବିଜେପି ମଧ୍ୟ ପଛରେ ପଡିନାହିଁ। ବିଜେପି ମଧ୍ୟ ମାଗଣା ଶିକ୍ଷା, ସ୍ୱାସ୍ଥ୍ୟ ସେବା, ମାଗଣାରେ ଦୁଇଟି ଗ୍ୟାସ ସିଲିଣ୍ଡର ଯୋଗାଣ, ଚଣା, ଡାଲି ଏବଂ ଖାଇବା ତେଲ ଯୋଗାଇଦେବା ପାଇଁ ପ୍ରତିଶ୍ରୁତି ଦେଇଛି। ଆହୁରି ମଧ୍ୟ ବିଜେପି କଲେଜ ଯାଉଥିବା ଯୁବତୀମାନଙ୍କୁ ବୈଦ୍ୟୁତିକ ସ୍କୁଟର ମାଗଣାରେ ଦେବା ପାଇଁ ପ୍ରତିଶ୍ରୁତି ଦେଇଛି। ଏହା ନିଶ୍ଚିତ ଯେ, ମାଗଣା ଯୋଜନା ନେଇ ୩ ପ୍ରମୁଖ ପ୍ରତିଦ୍ୱନ୍ଦ୍ୱୀଙ୍କ ମଧ୍ୟରେ ପ୍ରତିଶ୍ରୁତି ପ୍ରାୟ ସମାନ। ଏଏପି ସମସ୍ତ ପିଲାଙ୍କୁ ମାଗଣା ଶିକ୍ଷା ଦେବା ପାଇଁ ପ୍ରତିଶ୍ରୁତି ଦେଇଥିବାବେଳେ କଂଗ୍ରେସ ଓ ବିଜେପି ସ୍ନାତକୋତର ପର୍ଯ୍ୟନ୍ତ ବାଳିକାମାନଙ୍କୁ ମାଗଣା ଶିକ୍ଷା ଦେବା ଇସ୍ତାହାରରେ ଘୋଷଣା କରିଛନ୍ତି। ସେହିପରି ମାଗଣା ସ୍ୱାସ୍ଥ୍ୟସେବା କ୍ଷେତ୍ରରେ ୩ ଦଳର ଘୋଷଣା ସମାନ ରହିଛି। ବିଜେପି ପ୍ରଧାନମନ୍ତ୍ରୀ ଜନ ଆରୋଗ୍ୟ ଯୋଜନା ରାଶି ୫ ଲକ୍ଷରୁ ୧୦ ଲକ୍ଷକୁ ବୃଦ୍ଧି କରିବାକୁ ଘୋଷଣା କରିବା ସହ ସମସ୍ତଙ୍କୁ ମାଗଣାରେ ସ୍ୱାସ୍ଥ୍ୟସେବା ଯୋଗାଇଦେବାକୁ ପ୍ରତିଶ୍ରୁତି ଦେଇଛି। କଂଗ୍ରେସ ମଧ୍ୟ ୧୦ ଲକ୍ଷ ଟଙ୍କା ପର୍ଯ୍ୟନ୍ତ ମାଗଣାରେ ସ୍ୱାସ୍ଥ୍ୟସେବା ଦେବା ପାଇଁ କହିଛି। ଉଲ୍ଲେଖଯୋଗ୍ୟ ଯେ, ଶିକ୍ଷା ଓ ସ୍ୱାସ୍ଥ୍ୟ ସେବା କ୍ଷେତ୍ରରେ ସମସ୍ତଙ୍କ ଆଭିମୁଖ୍ୟ ସମାନ ଥିବାବେଳେ ପ୍ରତିଶ୍ରୁତି ପାଇଁ ଅର୍ଥ କେଉଁଠୁ ଆସିବ, ତାହା ଏବେ ମୁଖ୍ୟ ପ୍ରଶ୍ନବାଚୀ ସୃଷ୍ଟି କରିଛି। ମାଗଣା ଯୋଜନା ନେଇ ସୁପ୍ରିମକୋର୍ଟ ଉଦ୍‌ବେଗ ପ୍ରକାଶ କରିବା ସହ ଏହାକୁ ବନ୍ଦ କରିବା ପାଇଁ ରାଜନୈତିକ ଦଳମାନଙ୍କୁ ନିର୍ଦ୍ଦେଶ ଦେଇପାରିବେ ନାହିଁ ବୋଲି ସ୍ପଷ୍ଟ ଭାବେ କହିଛନ୍ତି। ତେବେ ଏଥିଲାଗି ବିହିତ ପଦକ୍ଷେପ ନେବାକୁ ନିର୍ବାଚନ କମିଶନଙ୍କୁ କହିଥିବାବେଳେ କମିଶନ ମଧ୍ୟ ରାଜନୈତିକ ଦଳମାନଙ୍କୁ ପତ୍ର ଲେଖି ମାଗଣା ଯୋଜନାକୁ କାର୍ଯ୍ୟକାରୀ କରିବା ପାଇଁ ଅର୍ଥ କେଉଁଠୁ ଆସିବ, ଜଣାଇବାକୁ ମତାମତ ଲୋଡିଛନ୍ତି। କେବଳ ଏତିକିରେ ନିର୍ବାଚନ କମିଶନ ଅଟକି ରହିଛନ୍ତି। ମାତ୍ର ଇତିମଧ୍ୟରେ ଦୁଇଟି ରାଜ୍ୟ ତଥା ହିମାଚଳ ପ୍ରଦେଶ ଓ ଗୁଜରାଟର ବିଧାନସଭା ନିର୍ବାଚନ ପାଇଁ ରାଜନୈତିକ ଦଳଗୁଡିକ ଭୋଟଦାତାମାନଙ୍କୁ ଆକୃଷ୍ଟ କରିବା ତଥା କ୍ଷମତା ଦଖଲ ପାଇଁ ମାଗଣା ଯୋଜନାକୁ କେବଳ ଆୟୁଧ କରିଛନ୍ତି ବୋଲି ନିଃସନ୍ଦେହରେ କୁହାଯାଇପାରିବ। ଉଲ୍ଲେଖଯୋଗ୍ୟ ଯେ, ଅର୍ଥନୈତିକ ବିଶାରଦମାନଙ୍କର ଚେତାବନୀ, ପ୍ରଧାନମନ୍ତ୍ରୀ ଏବଂ ସୁପ୍ରିମକୋର୍ଟଙ୍କ ଉଦ୍‌ବେଗ ଏବଂ ନିର୍ବାଚନ କମିଶନଙ୍କ ମତାମତ ଲୋଡିବା ସବୁକିଛି ରାଜନୈତିକ ଦଳମାନଙ୍କ କ୍ଷମତା ଦଖଲ ଆଭିମୁଖ୍ୟ ନିକଟରେ ତୁଚ୍ଛ ହୋଇପଡିଛି ବୋଲି କହିଲେ ଅତ୍ୟୁକ୍ତି ହେବନାହିଁ।

**—ସୌଭାଗ୍ୟରଂଜନ ମହାନ୍ତି (ରାଜା)**, ସମ୍ମାନ ଭବନ, ପ୍ଲଟ ନଂ-୫୮/୩୫୮୧, ଗାଙ୍ଗୋତ୍ରୀ ନଗର, ରୋଡ ନଂ-୩, ଶିଶୁପାଳଗଡ,-୭୫୧୦୦୨, ମୋବାଇଲ ନଂ-୯୪୩୭୯୯୪୩୭୯

# ସୁରକ୍ଷାରେ ତ୍ରୁଟି ଯୋଗୁଁ କାରଖାନା ପରିସରରେ ଦୁର୍ଘଟଣା ପରେ ଟିପର ଚାଳକର ମୃତ୍ୟୁ



କେନ୍ଦୁଝର (ପିଏନ୍): କାରଖାନା ପରିସରରେ ସୁରକ୍ଷାରେ ତ୍ରୁଟି ଯୋଗୁଁ ଜଣେ ଟ୍ରକ ଚାଳକର ମୃତ୍ୟୁ ହୋଇଛି। ପୋଲିଓ ଏବଂ କାରଖାନା ଓ ବାଷ୍ପିତ ବିଭାଗ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। ବାମେବାରୀ ଥାନା ଅନ୍ତର୍ଗତ ବସନ୍ତପୁରଠାରେ ଥିବା ଏସେଲ ମାଇନିଂ ଏଣ୍ଡ ଇଣ୍ଡଷ୍ଟ୍ରିଜ ପିଲେଟ ଏବଂ ବେନିଫିକେସନ କାରଖାନା ପରିସରରେ ଏକ ଲୁହାପଥର ଗୁଣ୍ଡ ବୋଝେଇ ଟିପର ଦୁର୍ଘଟଣା ଘଟି ଟିପର ଚାଳକଙ୍କ ମୃତ୍ୟୁ ଘଟିଛି। କାରଖାନା ପରିସରରେ ଟ୍ରାଫିକ ସୁରକ୍ଷା ବ୍ୟବସ୍ଥା ଢିଲା ଓ ଭିତରେ ଥିବା ରାସ୍ତା ବିପର୍ଯ୍ୟସ୍ତ ହୋଇଥିବାରୁ ଅନେକ ସମୟରେ ଛୋଟ ବଡ ଦୁର୍ଘଟଣା ଘଟୁଥିବାବେଳେ ଏବେ ଏକ ଦୁର୍ଘଟଣା ଘଟି ଜଣେ ଟିପର ଚାଳକଙ୍କ ମୃତ୍ୟୁ ଘଟିଛି। ମୃତ ଚାଳକଙ୍କ ନାମ ଛେଦି ମୁଣ୍ଡା ଏବଂ ବୟସ ୩୧ବର୍ଷ ବୋଲି ଜଣାପଡିଛି। ଏହାକୁ ନେଇ ବାମେବାରୀ ଥାନା ପୋଲିସ ଏକ କେସ ନଂ ୨୦୨ ଦଫା ୨୭୯, ୩୦୪ (ଏ) ଏକ ମାମଲା ରୁଜୁ କରିଥିବାବେଳେ ପୋଲିସ ପକ୍ଷରୁ ତଦନ୍ତ ଆରମ୍ଭ ହୋଇଛି। କାରଖାନା ପରିସରରେ ବେପରୁଆ ଗାଡି ଚାଳନା ଯୋଗୁ ଗାଡି ଚାଳକର ମୃତ୍ୟୁ ହୋଇଥିବା ପୋଲିସ କହିଛି। କାରଖାନା ପରିସରରେ ଦୃତ ଗତିରେ ଗାଡି ଚଳାଉଥିଲେ ସୁରକ୍ଷା କର୍ମଚାରୀଙ୍କ ଭୂମିକାକୁ ନେଇ ପ୍ରଶ୍ନ ଉଠିଛି। କେନ୍ଦୁଝରସ୍ଥିତ ସହକାରୀ କାରଖାନା ଓ ବାଷ୍ପିତ ନିର୍ଦ୍ଦେଶାଳୟ ପକ୍ଷରୁ ମଧ ତଦନ୍ତ ଆରମ୍ଭ ହୋଇଛି। ସହକାରୀ ନିର୍ଦ୍ଦେଶକ କାରଖାନା ଓ ବାଷ୍ପିତ ବିଭାଗର ଇଂ କେଦାର ନାଥ ହାଁସଦା ଘଟଣାସ୍ଥଳକୁ ଯାଇ ତଦନ୍ତ କରିଛନ୍ତି। ଏହି ଘଟଣାକୁ ଭିନ୍ନ ମୋଡ ଦେଇ କାରଖାନା କର୍ତ୍ତୃପକ୍ଷ ଙ୍କୁ ସୁରକ୍ଷା ଦେବାକୁ ପ୍ରୟାସ ଚାଲିଥିବାରୁ ଏହାକୁ ନେଇ ସ୍ଥାନୀୟ ଲୋକଙ୍କ ମଧ୍ୟରେ ଅସନ୍ତୋଷ ଦେଖାଦେଇଛି। ଏଠାରେ ସୂଚନା ଯୋଗ୍ୟ ଯେ, କାରଖାନା ପରିସରରେ ଥିବା ରାସ୍ତାଘାଟ ଗୁଡିକ ସଠିକ ମାନର କରିବା ସହ ଶ୍ରମିକ ତଥା ଗାଡି ଚାଳକ ମାନଙ୍କ ସୁରକ୍ଷା ପ୍ରତି ଦୃଷ୍ଟି ଦେବାର ବ୍ୟବସ୍ଥା ରହିଛି। ସେହିପରି କାରଖାନା ପରିସରରେ ଧୂଳି,ଧୂଆଁ ପ୍ରଦୂଷଣ ନିୟନ୍ତ୍ରଣ କରି ଦୁର୍ଘଟଣା ରୋକିବା ନେଇ ମଧ ପଦକ୍ଷେପ ନିଆଯାଇଥାଏ। ତେବେ ଏସବୁ ଅବ୍ୟବସ୍ଥା ତଦାରଖ ପାଇଁ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ,ଶ୍ରମ ବିଭାଗ,କାରଖାନା ଓ ବାଷ୍ପିତ ବିଭାଗ ଗସ୍ତ କରି ଯାଂଚ କରିଥାନ୍ତି। ତେବେ ଏହି କାରଖାନାରେ ସେ ସବୁ ଠିକ୍ ଭାବରେ ଯାଂଚ ହୋଇଛି କି ନାହିଁ ତାହାର ତଦନ୍ତ କରିବା ସହ ନିୟମିତ ରାସ୍ତାଘାଟ ସଫେଇ ଓ ଜଳସିଞ୍ଚନ କରାଯାଉନଥିବାରୁ ଗାଡି ଚଳାଚଳ ସମୟରେ ଧୂଳି ଉଡି ସମସ୍ୟା ଦେଖାଦେଇଥାଏ। ଏଣୁ ଏସବୁ ଦୃଷ୍ଟିକୋଣରୁ ତଦନ୍ତ କରାଯାଇ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବା ସହ ମୃତ ଡ୍ରାଇଭରକୁ କ୍ଷତିପୂରଣ ଦେଇ ନ୍ୟାୟ ଦେବାକୁ ଦାବୀ ହୋଇଛି। ଏନେଇ ବାମେବାରୀ ଥାନା ଅଧିକାରୀ ସ୍ୱରୂପ ରଂଜନ ନାୟକ କହିଛନ୍ତି ଯେ, ଘଟଣାକୁ ନେଇ କେସ କରାଯାଇ ତଦନ୍ତ ଚାଲିଛି। ସହକାରୀ ନିର୍ଦ୍ଦେଶକ କାରଖାନା ଓ ବାଷ୍ପିତ ବିଭାଗର ଇଂ କେଦାର ନାଥ ହାଁସଦାଙ୍କ ସହ ଯୋଗାଯୋଗ କରିବାରୁ କାରଖାନା ପରିସରରେ ଦୁର୍ଘଟଣାର ତଦନ୍ତ ଚାଲିଛି। ମାଲଗାଡିଗୁଡିକ କାରଖାନାରୁ ବାହାରିବା ସମୟରେ ଗାଡିର ଚକା ପାଣିରେ ଧୋଇବା ପାଇଁ ଯେଉଁ ବ୍ୟବସ୍ଥା ହେବା କଥା ତାହା ନାହିଁ। ଫଳରେ କାରଖାନା ଗାଡି ଯିବା ଆସିବା ସମୟରେ ଧୂଳି ଉଡି ବାୟୁ ପ୍ରଦୂଷଣ ବୃଦ୍ଧି ପାଉଛି। କାରଖାନା ପରିସରରେ ଜଳସିଞ୍ଚନ ବ୍ୟବସ୍ଥା ମଧ ଠିକ୍ ଭାବରେ କାମ କରୁନଥିବା ଅଭିଯୋଗ ହୋଇଛି। କାରଖାନା ଭିତର ରାସ୍ତା ସଂପୂର୍ଣ୍ଣ ଭାବରେ ଗମନାଗମନ ଅନୁପଯୁକ୍ତ ହୋଇପଡିଛି। ରାଜ୍ୟ ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ କାରଖାନା ଭିତର ରାସ୍ତାକୁ ପକ୍କା କରିବା ପାଇଁ ନିର୍ଦ୍ଦେଶନାମା ରହିଥିଲେ ମଧ କାରଖାନା କର୍ତ୍ତୃପକ୍ଷ ଦୀର୍ଘଦିନ ଧରି ଅଣଦେଖା କରୁଛନ୍ତି। ଯାହାଦ୍ୱାରା ଗାଡି ଚଳାଚଳ ସମୟରେ ପ୍ରବଳ ମାତ୍ରାରେ ଧୂଳି ଉଡି ଗୋଟିଏ ଗାଡି ଅନ୍ୟ ଗାଡିକୁ ଦେଖିବାରେ ଅସୁବିଧାର ସମ୍ମୁଖୀନ ହେଉଛନ୍ତି। ଫଳରେ ଦୁର୍ଘଟଣା ଆଶଙ୍କା ରହୁଛି। ଗାଡି ଚାଲିବା ଦ୍ୱାରା ଏତେ ମାତ୍ରାରେ ଧୂଳି ଉଡୁଛି ଯେ କାରଖାନାର କର୍ମଚାରୀମାନେ ମଧ କାରଖାନା ପରିସରରେ କାମ କରିବା ନିରାପଦ ମଣୁନାହାଁନ୍ତି। କାରଖାନା ଯାଞ୍ଚ ପାଇଁ ଶିଳ୍ପ ବିଭାଗ ଏକ କମିଟି ଗଠନ କରଛନ୍ତି। ଯାହାକୁ ସେଣ୍ଟ୍ରାଲ ଇନ୍ସପେକ୍ସନ କୋ-ଅଡିନେସନ ଗୃପ(ସିଆଇସିଜି) କୁହାଯାଉଛି। ଏହି ଗ୍ରୁପ ରେ ଶ୍ରମ ବିଭାଗ, ପ୍ରଦୂଷଣ ନିୟନ୍ତ୍ରଣ ବୋର୍ଡ ଏବଂ କାରଖାନା ଓ ବାଷ୍ପିତ ନିର୍ଦ୍ଦେଶାଳୟ କୁ ସାମିଲ କରାଯାଇଛି। କମ୍ପ୍ୟୁଟର ଜେନେରେଟେଡ ପ୍ରୋଗ୍ରାମ ଅନୁସାରେ ଏହାର ଅଧିକାରୀମାନେ ବିଭିନ୍ନ କଳକାରଖାନା ପରିଦର୍ଶନ କରିବାର ନିୟମ ରହିଛି । କିନ୍ତୁ ଶିଳ୍ପ ବିଭାଗର ଏହି ମହତ କାର୍ଯ୍ୟକ୍ରମ କେନ୍ଦୁଝର ଜିଲ୍ଲାରେ ଫେଲ ମାରିଛି। ଯୁଗ୍ମ ଭାବେ ଯାଂଚ ସମୟରେ ଅନେକ ବିଭାଗର ଅଧିକାରୀ ଅନୁପସ୍ଥିତ ରହି ପରବର୍ତ୍ତୀ ସମୟରେ କାଗଜକଲମରେ ଯାଂଚ ରିପୋର୍ଟ ପ୍ରସ୍ତୁତ କରି ଅନ୍‌ଲାଇନରେ ଅପଲୋଡ କରୁଛନ୍ତି। ଏପରିକି ଅନଲାଇନରେ ଅପଲୋଡ ପରେ ଏହାଉପରେ କୌଣସି ପଦକ୍ଷେପ ନିଆଯାଉନଥିବାରୁ ଶିଳ୍ପ ବିଭାଗର ସିଆଇସିଜି ଯାଞ୍ଚ ର ପ୍ରକୃତ ଉଦ୍ଦେଶ୍ୟ ପୂରଣ ହୋଇପାରୁନାହିଁ। ଫଳରେ କଳକାରଖାନାରେ ଥିବା ବିଭିନ୍ନ ଅବ୍ୟବସ୍ଥାର ସୁଧାର ଆସି ପାରୁନାହିଁ। ଜନହିତକର ଏବଂ ଶିଳ୍ପ ପ୍ରୋତ୍ସାହନ ପାଇଁ କରାଯାଇଥିବା ଏହି ଯୋଜନାର ସଫଳ ରୂପାୟନ ହୋଇପାରୁନାହିଁ।

# ବାଲି ଚୋରା ଚାଲାଣକୁ ଗ୍ରାମବାସୀଙ୍କ ବିରୋଧ



ଧର୍ମଶାଳା (ପିଏନ୍): ଧର୍ମଶାଳା ତହସିଲ ଅନ୍ତର୍ଗତ ମଙ୍ଗଳପୁର ପଂଚାୟତ କୋଠିଡ଼ିହ ଗାଁ ନିକଟ ବ୍ରାହ୍ମଣୀ ନଦୀରୁ ହେଉଥିବା ବାଲି ଚୋରା ଚାଲାଣକୁ ସ୍ଥାନୀୟ ଗ୍ରାମବାସୀ ବିରୋଧ କରିଛନ୍ତି । ଏକ ବାଲି ବୋଝେଇ ହାଇୱା ଓ ପୋକଲିନ୍ ମେସିନ୍‌କୁ ଅଟକାଇ ଏହି ବେଆଇନ ବାଲିଘାଟକୁ ତୁରନ୍ତ ବନ୍ଦ କରିବା ପାଇଁ ନାରାବାଜି କରିଥିଲେ । ପ୍ରଶାସକ ଓ ରାଜନେତାଙ୍କ ସହଯୋଗରେ ଏଠାରୁ ବାଲିମାଫିଆ ବେଧଡ଼କ ବାଲି ଲୁଟ୍ କରୁଥିବା ବେଳେ ରାଜ୍ୟ ସରକାରଙ୍କର ବିପୁଳ ରାଜସ୍ୱ ହାନୀ ହେଉଥିବା ଗ୍ରାମବାସୀ ଅଭିଯୋଗ କରିଥିଲେ । ପ୍ରକାଶ ଯେ, ରସୁଲପୁର ତହସିଲ ଅଧୀନ ଲଙ୍କାବାଲିସାହି ବାଲିଘାଟ ଲିଜ୍ ନେଇଥିବା ଲିଜ୍‌ଧାରୀ ଧର୍ମଶାଳା ତହସିଲ ଅଧୀନ କୋଠିଡ଼ିହ ନିକଟ ବ୍ରାହ୍ମଣୀ ନଦୀରୁ ବେଆଇନ ଭାବେ ବାଲି ଉତୋଳନ କରୁଛନ୍ତି । ଦୁଇଟି ପୋକଲିନ୍ ମେସିନ୍ ବାଲି ଉତୋଳନ କରୁଥିବା ବେଳେ ଏହାକୁ କେତେକ ହାଇୱାରେ ପରିବହନ କରାଯାଉଛି । ଗୋଟିଏ ହାଇୱାରେ ବାଲି ବୋଝେଇ ହୋଇ ଗଲାପରେ ଅନ୍ୟ ଏକ ହାଇୱା ଘାଟରେ ପଶୁଛି । ସ୍ଥାନୀୟ ଅଂଚଳବାସୀଙ୍କୁ ଅନ୍ଧାରରେ ରଖି ଲିଜ୍‌ଧାରୀ ଅତି ଚତୁରତାର ସହ କେତେକ ହାଇୱାରେ ଦିନକୁ ଶତାଧିକ ଟ୍ରିପ୍ ବାଲି ଲୁଟି ନେଉଛନ୍ତି । ଲିଜ୍ ଅଂଚଳରୁ ବାଲି ଉଠାଇବା ପରିବର୍ତେ କାହା ନିର୍ଦ୍ଦେଶରେ ବିନା ଆର୍ ଫର୍ମରେ ଏଠାରୁ ବେଆଇନ ବାଲି ଉତୋଳନ ହେଉଛି ? ଲଘୁ ଖଣିଜ ସାମଗ୍ରୀ ଚୋରି ରୋକିବା ପାଇଁ ଜିଲ୍ଲାପାଳ, ଅତିରିକ୍ତ ଜିଲ୍ଲାପାଳ, ତହସିଲଦାର, ଆର୍‌ଆଇଙ୍କୁ ନେଇ ଗଠନ ହୋଇଥିବା ସ୍ୱତନ୍ତ୍ର ଟାକ୍ସଫୋର୍ସ କ'ଣ କରୁଛି ବୋଲି ପ୍ରଶ୍ନ ଉଠାଇଛନ୍ତି ଆନ୍ଦୋଳନକାରୀ । ସେହିପରି ଚାନ୍ଦପୁର ମୌଜାରେ ବାଲି ସୈରାତ୍ ଲିଜ୍ ନେଇଥିବା ଲିଜ୍‌ଧାରୀ ଏଠାରୁ ୩୦ ହଜାର ଘନମିଟରରୁ ଅଧିକ ବାଲି ଲୁଟି ନେଇଥିଲେ। ସ୍ଥାନୀୟ ଅଂଚଳବାସୀଙ୍କ ବିରୋଧ ପରେ ଧର୍ମଶାଳା ତହସିଲ ପକ୍ଷରୁ ଗତ ଜୁନ୍ ମାସରେ ଏଠାରେ ଚଢ଼ଉ କରାଯାଇ ୭ଟି ବାଲି ବୋଝେଇ ହାଇୱା ଓ ୨ଟି ପୋକଲିନ୍ ମେସିନ୍ ଜବତ କରିଥିଲା । ସଂପୃକ୍ତ ବାଲିମାଫିଆ ବିରୋଧରେ ୨କୋଟି ଟଙ୍କା ଜରିମାନା କରାଯାଇଥିଲା । ଏହି ଜରିମାନା ବର୍ତମାନ ସୁଦ୍ଧା ଅନାଦେୟ ରହିଛି । ଏହାସତ୍ତ୍ୱେ ପୁଣି ଏଠାରୁ ୨୦ ହଜାର ଘନମିଟରରୁ ଅଧିକ ବାଲି ଲୁଟ୍ ହୋଇଯିବା ଘଟଣା ପ୍ରଶାସନର ସ୍ୱଚ୍ଛତାକୁ ନେଇ ସନ୍ଦେହ ସୃଷ୍ଟି ହୋଇଛି । ପୂର୍ବାହ୍ଣରେ ମଙ୍ଗଳପୁର ପଂଚାୟତର ନୂଆକୁଳ, ମଙ୍ଗଳପୁର ଓ କୋଠଡିହ ଗ୍ରାମବାସୀ ବେଆଇନ ବାଲିଘାଟକୁ ବିରୋଧ କରିବା ଓ ବାଲି ବୋଝେଇ ହାଇୱାକୁ ଅଟକାଇଥିବା ଖବର ପାଇ ବ୍ରହ୍ମବରଦା ଫାଣ୍ଡି ପୁଲିସ୍ ଘଟଣାସ୍ଥଳରେ ପହଁଚି ଉତ୍ୟକ୍ତ ଗ୍ରାମବାସୀଙ୍କୁ ବୁଝାସୁଝା କରିଥିଲା । ଏ ସଂପର୍କରେ ପୁଲିସ୍ ଉଭୟ ଧର୍ମଶାଳା ଓ ରସୁଲପୁର ତହସିଲଦାରଙ୍କୁ ଅବଗତ କରାଇଥିଲେ । ଉକ୍ତ ବିବାଦର ସମାଧାନ ପାଇଁ ଦୁଇ ତହସିଲର ତହସିଲଦାରଙ୍କ ଉପସ୍ଥିତିରେ ଏରିଆ ମାପଚୁପ କରାଯିବ ବୋଲି ପ୍ରତିଶ୍ରୁତି ଦେବାପରେ ଗ୍ରାମବାସୀମାନେ ଆନ୍ଦୋଳନରୁ ଓହରିଥିଲେ ।

# ପ୍ରଧାନମନ୍ତ୍ରୀଙ୍କ ଫଟୋ ସଂଗ୍ରହରେ ବିରଳ ରେକର୍ଡ




ଭୁବନେଶ୍ୱର (ପିଏନ୍): ବାଳକାଟି ରଥଜେମା ଗ୍ରାମର ଶ୍ରୀ ଦିଲ୍ଲୀପ କୁମାର ସାହୁ ବାସ୍ତବରେ ଜଣେ ନିଆରା ସଂଗ୍ରାହକ ଓ ଜଣେ ନିଆରା ମଣିଷ ମଧ୍। ଖବରକାଗଜରୁ ଦେଶ ବା ରାଜ୍ୟର ବିଭିନ୍ନ ବ୍ୟକ୍ତିବିଶେଷଙ୍କ ଫଟୋ ସବୁକୁ ସେ ନିୟମିତ ଭାବରେ ସଂଗ୍ରହର କରି ରଖିଥାନ୍ତି। ଆମ ଦେଶର ରାଷ୍ଟ୍ରପତି, ପ୍ରଧାନମନ୍ତ୍ରୀଙ୍କଠାରୁ ଆରମ୍ଭ କରି ଆମ ରାଜ୍ୟର ମୁଖ୍ୟମନ୍ତ୍ରୀ ଓ ରାଜ୍ୟପାଳଙ୍କର ଅନେକ ଫଟୋକୁ ସେ ନିଜ ଫାଇଲ୍‌ରେ ସାଇତି କରି ରଖିଛନ୍ତି। ଅନେକ କ୍ରିକେଟ୍ ଖେଳାଳିଙ୍କ ଫଟୋକୁ ମଧ ସେ ସଂଗ୍ରହ କରି ରଖିଛନ୍ତି। ଆଜିକୁ ଦୀର୍ଘ ୨୦ ବର୍ଷ ତଳେ ସେ ଏହି ସଂଗ୍ରହ କାର୍ଯ୍ୟ ଆରମ୍ଭ କରିଥିଲେ। ପ୍ରାୟ ୨୦୦୧ ମସିହାରେ ସେବେଠାରୁ ଦୀର୍ଘ ୨୨ ବର୍ଷ ହେଲାଣି ଦିଲ୍ଲୀପ ଏହି ସଂଗ୍ରହ କାର୍ଯ୍ୟ କରୁଛନ୍ତି। ନିକଟରେ ସେ ଆମ ଦେଶର ଲୋକପ୍ରିୟ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦିଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଦୁବାଇ ସାରେଜାସ୍ଥିତ, ବ୍ରାଭୋ ଇଣ୍ଟରନ୍ୟାସ୍‌ନାଲ୍ ବୁକ୍ ଅଫ୍ ୱାର୍ଲଡ୍ ରେକର୍ଡରେ ସ୍ଥାନ ପାଇଛନ୍ତି। ଯଦିଓ ଏହି ଆନ୍ତର୍ଜାତିକ ସ୍ତରରେ ରେକର୍ଡ ବୁକ୍‌ରେ ସ୍ଥାନ ପାଇବା ସହଜସାଧ ନୁହେଁ । ତଥାପି ଦିଲ୍ଲୀପଙ୍କ ନିଷ୍ଠାପର ଭାବରେ ନିରନ୍ତର ସଂଗ୍ରହ ଦ୍ୱାରା ଆମ ଦେଶର ପ୍ରଧାନମନ୍ତ୍ରୀଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଦିଲ୍ଲୀପ ଆନ୍ତର୍ଜାତିକ ସ୍ତରରେ ଏହି ରେକର୍ଡ କରିଛନ୍ତି। ଦିଲ୍ଲୀପ ମଧ ପ୍ରତ୍ୟେକ ଦିନ ନିଜର ସଂଗ୍ରହକୁ ସାମାଜିକ ଗଣମାଧ୍ୟମରେ ସେୟାର କରନ୍ତି। ଆମ ଦେଶର ନୂତନ ରାଷ୍ଟ୍ରପତି ଦ୍ରୌପଦି ମୁର୍ମୁ ମଧ ଦିଲ୍ଲୀପଙ୍କ ସଂଗ୍ରହକୁ ଦିଲ୍ଲୀପଙ୍କ ଇନ୍‌ଷ୍ଟାଗ୍ରାମ ପେଜ୍‌ରେ ଲାଇକ୍ କରିଛନ୍ତି। ଦିଲ୍ଲୀପ ମଧ ଆହୁରି ଅନେକ ଜାତୀୟ ଏବଂ ଅନ୍ତର୍ଜାତୀୟ ପୁରସ୍କାରମାନେ ନିଜର ଏହି ସଂଗ୍ରହ କାର୍ଯ୍ୟ ଏବଂ କଳା ପାଇଁ ପାଇଛନ୍ତି। ନିକଟରେ ରାଷ୍ଟ୍ରୀୟ ପ୍ରେରଣା ଆୱାର୍ଡ-୨୦୨୨ ମଧ ଦିଲ୍ଲୀପ ପାଇଥିଲେ। ଦିଲ୍ଲୀପ ମଧ ୨୦୨୧ ମସିହାରେ ଆମ ରାଜ୍ୟର ଲୋକପ୍ରିୟ ମୁଖ୍ୟମନ୍ତ୍ରୀ ଶ୍ରୀ ନବୀନ ପଟ୍ଟନାୟକଙ୍କ ସର୍ବାଧିକ ଫଟୋ ସଂଗ୍ରହ କରି ଇଣ୍ଡିଆ ୱାର୍ଲଡ୍ ରେକର୍ଡରେ ସ୍ଥାନ ପାଇଥିଲେ। ଦିଲ୍ଲୀପ ଅନେକ ପୁରସ୍କାର ମଧ ଲାଭ କରିଛନ୍ତି। ୨୦୨୧ ମସିହାରେ ଇଣ୍ଡିଆ ଷ୍ଟାର ଇଣ୍ଡିପେଣ୍ଡେଣ୍ଟ ଆୱାର୍ଡ, ଇଣ୍ଡିଆ ପ୍ରାଉଡ୍ ଆୱାର୍ଡ, ୨୦୨୨ ମସିହାରେ ଇଣ୍ଡିଆ ପ୍ରାଇମ୍ ଆୱାର୍ଡ ପାଇ ଚର୍ଚ୍ଚାରେ ଥିଲେ। ଦିଲ୍ଲୀପ ଜଣେ ଭଲ ଚିତ୍ରଶିଳ୍ପୀ। ଦିଲ୍ଲୀପଙ୍କ ଏହି କାର୍ଯ୍ୟ ପ୍ରଶଂସନୀୟ ଏବଂ ସମ୍ମାନାସ୍ପଦ ଅଟେ।



# କୃଷି ଦୁନିଆ

## ଜୀବିକାର ରାହା ଯୋଗାଇଛି ଜୈବିକ ଚାଷ





ଭାରତୀୟ ସଭ୍ୟତାର କେନ୍ଦ୍ରବିନ୍ଦୁ ଚାଷ। ଚାଷ – ଏକ ବ୍ୟବସାୟ ନୁହେଁ ବରଂ ଏକ ସ୍ୱର୍ଗୀୟ ଅନୁଭବ। ଆଉ ପୁଣି ଧରିତ୍ରୀମାତା ସହ ଏକ ମାର୍ମିକ ସମ୍ପର୍କ। ରାତି ପାହିଲେ ହାତରେ ଲଙ୍ଗଳ , କାନ୍ଧରେ ଗାମୁଛା ଆଉ ପଖାଳ ମୁଠେ ଖାଇଦେଇ ଆରମ୍ଭ ହୋଇଯାଏ ଚାଷର ପର୍ବ। ସତରେ ଏକ ମହାର୍ଘ୍ୟ ଅନୁଭୂତିର ଅବଲୋକନ। ପାରମ୍ପରିକ କୃଷିକୁ ଛାଡ଼ି ଏବର ସମାଜରେ ଆଧୁନିକତାର ସ୍ପର୍ଶ ଗାଁ କ୍ଷେତରେ ବି ଦେଖାଗଲାଣି। ରାସାୟନିକ ସାରର ବହୁଳ ବ୍ୟବହାର ଏବେ ସବୁଆଡ଼େ ଆମ ଦୃଷ୍ଟିକୋଣରେ ପରିଲକ୍ଷିତ। କିନ୍ତୁ ଆମ ଅଜାଣତରେ ଆମେ ନିଜେ ନିଜର ଶରୀରର କେତେ ଯେ କ୍ଷତି କରୁଛନ୍ତି , ସେକଥା ଜାଣି ନାହାନ୍ତି। ତେଣୁ ଏହି ଆଧୁନିକତାକୁ ଦ୍ୱାହି ଦେଇ ଏବେ ଜୈବିକ କୃଷିର ବ୍ୟବହାରକୁ ପ୍ରାଥମିକତା ଦିଆଯାଉଛି। ଜୈବିକ କୃଷି ଏବେ କୃଷି କ୍ଷେତ୍ରର ଏକ ସଫଳ ବାର୍ତ୍ତାବହ ଭାବେ ପରିଗଣିତ ହେଲାଣି। କମ୍ ଖର୍ଚ୍ଚ ଓ ଅଧିକ ଉତ୍ପାଦନର ମିଶ୍ରିତ ଉପାଦାନ ଜୈବିକ ଚାଷ। ରାସାୟନିକ କୀଟନାଶକକୁ ବନ୍ଦ କରି ଗୋବର,ଗୋମୂତ୍ର ପରି ଦେଶୀ ଦ୍ରବ୍ୟକୁ ବ୍ୟବହାର କରି ଆଜି ବି ଉତ୍ପାଦନ ବୃଦ୍ଧି କରାଯାଇପାରୁଛି। ଏହା ଦ୍ୱାରା ଶରୀର ବି ସୁସ୍ଥ ରହିବା ସହ ସେମତି ଜଣେ ଚାଷୀ ଯିଏ ସ୍ନାତକ କରିଥିଲେ ହେଁ ଚାଷର ମୋହ ତାଙ୍କୁ ବାନ୍ଧିରଖିଛି ଚାଷଜମିରେ। ସେ ଜୈବିକ ଓ ସମନ୍ୱିତ କୃଷିର ଜଣେ ସଫଳ ଉଦାହରଣ। .ସେମିତି ଜଣେ ଚାଷୀ ଯିଏ ସାର,ବିଷକୁ ଛାଡ଼ି ଏବେ ଜୈବିକ ଚାଷର ମୋହରେ ବାନ୍ଧି ହୋଇଯାଇଛନ୍ତି, ସେ ହେଲେ ଚିଲିକା ବ୍ଲକର ବଉଳାବନ୍ଧ ଗ୍ରାମର ଶ୍ରୀ ଆନନ୍ଦ ନାୟକ(ମୋ- ୭୯୭୮୫୪ ୪୩୦୩)। ୪୫ ବର୍ଷ ବୟସରେ ବି ସେ ଥକି ପଡ଼ି ନାହାନ୍ତି। ଟିସିଏସ୍‌ରେ ଚାକିରୀ କରି ମଧ୍ୟ ସବୁଜ କ୍ଷେତର ବାସ୍ନାରେ ସେ ବିଭୋର ହୋଇଯାଇଛନ୍ତି। ଗାଁ ଗାଁରେ ଜୈବିକ ଚାଷର ବାର୍ତ୍ତା ପହଁଚାଇବା ସହ ବିଭିନ୍ନ ସ୍ଥାନରୁ ବେଶ ପ୍ରଶଂସା ବି ସାଉଁଟୁଛନ୍ତି। ସେମିତି ଜଣେ ସଫଳ ଚାଷୀଙ୍କ ସହ ଅଧିକ ଆଲୋଚନା କରିଥିଲେ **ଡ଼ି ଶୁଭମ୍ ...**

**ପ୍ର: ଆପଣ ଜୈବିକ ଚାଷ କରିବାକୁ ଆଗ୍ରହ ପ୍ରକାଶ କ'ଣ ପାଇଁ କଲେ ?**

ଉ: ବର୍ତ୍ତମାନ ସମୟରେ କେହି କାଦୁଅ ବିଲରେ ଗୋଡ଼ ପଶେଇବାକୁ ଇଚ୍ଛା କରୁନାହାନ୍ତି। ସମସ୍ତଙ୍କୁ ଏବେ ସାର, ବିଷ ବ୍ୟବହାରରେ ବ୍ୟସ୍ତ। କିନ୍ତୁ ଜୈବିକ ଚାଷ ଏବେ ସବୁଆଡ଼େ ବେଶ ଲୋକପ୍ରିୟ ହେବାରେ ଲାଗିଲାଣି। ତେଣୁ ପ୍ରଥମେ ମୁଁ ୟୁଟ୍ୟୁବରୁ ଜୈବିକ ଚାଷ ବିଷୟରେ ଦେଖି ଏହାକୁ ଚାଷ କରିବା ପାଇଁ ଆଗ୍ରହ ପ୍ରକାଶ କଲି। ପରବର୍ତ୍ତୀ ସମରେ କୃଷି ବିଶେଷଜ୍ଞ୍ୟ ମାନଙ୍କ ପରାମର୍ଶକୁ ପାଥେୟ କରି ସମ୍ପୂର୍ଣ୍ଣ ଭାବେ ଜୈବିକ ଚାଷ କରୁଛି। ଏହା ବେଶ ଲାଭଦାୟକ ଓ ଶରୀର ଓ ପରିବେଶ ପ୍ରତି ହିତକର। ଏହା ଦ୍ୱାରା ଜମିର ଉର୍ବରତା ବଢ଼ିଥାଏ। ଜମିର ମାନ ବି ବଢ଼ିଥାଏ।

**ପ୍ର: ଜୈବିକ କୃଷି ରାସାୟନିକ କୃଷି ଭିତରେ ଆପଣ କଣ ବିଶେଷ ତଫାତ ଦେଖୁଛନ୍ତି ?**

ଉ: ପ୍ରଥମତଃ ବର୍ତ୍ତମାନ ସମୟରେ ସମସ୍ତେ ଜମିରୁ କିପରି ଅଧିକ ଅମଳ ହେବ, ତାହାକୁ ପ୍ରାଥମିକତା ଦେଉଛନ୍ତି। କିନ୍ତୁ ଅଧିକ ଅମଳ ଆଶାରେ ଆମେ ନିଜ ଦେହ ତଥା ମାଟିର ଯେଉଁ ହାନି ପହଁଚାଉଛନ୍ତି, ସେକଥାକୁ ଭୁଲିଯାଉଛନ୍ତି। କିଛିଟା ପାଇବା ଆଶାରେ ଅନେକ କିଛି ଆମେ ହରାଉଛନ୍ତି। ଏହି ଉପକ୍ରମରେ ଜୈବିକ କୃଷି ଏକ ସୁନ୍ଦର ଆଉ ଅଭିନବ ପଦକ୍ଷେପ। ଯେଉଁଥିରେ ଆମେ ସ୍ୱଳ୍ପ ଟଙ୍କା ବିନିଯୋଗ କରି ଅଧିକ ଅମଳ କରିବା ସହ ଆମ ଶରୀର ସୁସ୍ଥ ବି ରହିଥାଏ। ଏହା ଯୋଗୁଁ ପରିବେଶ ସନ୍ତୁଳନ ବି ରକ୍ଷା ହୋଇଥାଏ। ମାଟିର ଉର୍ବରତା ବଢ଼େ।

**ପ୍ର: ଟି.ସିଏସରେ ଚାକରି କରିବା ସହ ଆପଣ ଜୈବିକ କୃଷିର ମୋହରେ କିପରି ପଡ଼ିଲେ ?**

ଉ: ସ୍ନାତକ ତ ମୋର ଶିକ୍ଷାଗତ ଯୋଗ୍ୟତା। କିନ୍ତୁ ବ୍ୟକ୍ତିଗତ ଭାବରେ କହିବାକୁ ଗଲେ ମୋତେ ଏମିତି କିଛି କରିବାର ଥିଲା ଯାହା ମୋତେ ଆତ୍ମସନ୍ତୋଷ ଦେଇପାରୁଥିବ। ସେଥିପାଇଁ ଚାଷକୁ ପ୍ରମୁଖ ପନ୍ଥା ଭାବେ ବାଛିଲି। ଆଉ ଜୈବିକ କୃଷିକୁ ଆପଣେଇବାର କାରଣ ଏହା ଯୋଗୁଁ ଆମେ ବେଶ କମ୍ ପଇସାରେ ନିଜ ଘରେ ଜୈବିକ ଉପାୟରେ କୀଟନାଶକ ଓ ସାର ପ୍ରସ୍ତୁତ କରି ଜମିରେ ଦେଇପାରୁଛୁ। ଏହା ଯୋଗୁଁ ଦେହ, ମନ ବି ସୁସ୍ଥ ରହୁଛି। କାମ କରିବାକୁ ଉତ୍ସାହ ବି ମିଳୁଛି।

**ପ୍ର: ଆପଣଙ୍କ ଜମିରେ କଣ କଣ ଜୈବିକ ଉପାୟ ଅବଲମ୍ବନ କରୁଛନ୍ତି ?**

ଉ: ମୁଁ ପ୍ରଥମରୁ ଜିଆଖତ ପ୍ରସ୍ତୁତ କରିଆସୁଛି। ଏହା ବ୍ୟତୀତ ଜୀବାମୃତକୁ ପାଂଚ ବର୍ଷ ହେବ ନିଜ ଜମିରେ ବ୍ୟବହାର କରୁଛି। ଏହା ମାଟି ପାଇଁ ବେଶ ଫଳପ୍ରଦ ଭାବେ କାମ କରୁଛି। ବ୍ରହ୍ମାସ୍ତ୍ର, ପଂଚଗବ୍ୟ, ବୀଜାମୃତ,ହାଣ୍ଡିଖତ ପ୍ରଭୃତିକୁ ଜମିରେ ବି ଉପଯୋଗ କରୁଛି। ଏହାର ଉପକାରିତାକୁ ମୁଁ ନିଜେ ଅନୁଭବ କରିପାରୁଛି । ଏହା ଦ୍ୱାରା ରୋଗ ପୋକ ଲାଗିବା ସମ୍ପୂର୍ଣ୍ଣ କମି ଯାଇଛି।

**ପ୍ର: ବର୍ତ୍ତମାନର ଯୁବସମାଜ ଚାଷ ପାଇଁ ବିମୁଖ ହେବାର କାରଣ କଣ ହୋଇଥାଇପାରେ ?**

ଉ: ଯୁବକ ମାନେ ଚାଷ ପାଇଁ ସ୍ୱତଃ ଭାବରେ ଆଗ୍ରହ ସୃଷ୍ଟି କରିବା ଆବଶ୍ୟକ। ବିମୁଖ ହେବାର କାରଣ ସେମାନେ ବର୍ତ୍ତମାନ ସମୟରେ ଆଉ କ୍ଷେତକୁ ପଶିବାକୁ ଚାହୁଁନାହାନ୍ତି। ଯୁଗ ବଦଳିବା ସହ ମାନସିକତା ବି ପରିବର୍ତ୍ତନ ହେଉଛି। ମନରେ ଇଚ୍ଛା ଥିଲେ ସବୁକିଛି ସମ୍ଭବ। ଏହି ପରିପ୍ରେକ୍ଷୀରେ ଯୁବସମାଜ ଚାହିଁଲେ କୃଷି କ୍ଷେତ୍ରରେ ବି ଉଦ୍ୟୋଗୀ ହୋଇପାରିବେ। କେବଳ ଦୃଢ଼ ଇଚ୍ଛାଶକ୍ତି ଓ କର୍ମକୁଶଳତା ହିଁ ଏହାର ପରିମାପକ ବୋଲି ମୋର ବିଶ୍ୱାସ। ମୋ ମତରେ ଯୁବକ ମାନେ କୃଷିକୁ ନାକ ନ ଟେକି ବରଂ ଏଥିପାଇଁ ଆଗେଇ ଆସିବା ଆବଶ୍ୟକ।

## ସେମାନେ ଯାହା କୁହନ୍ତି ...

ଏବର ସମୟରେ କେହି ବି ଚାଷ କରିବାକୁ ମନ ବଳାଉନାହାନ୍ତି। ଚାକିରୀ ଓ ଟଙ୍କା ସର୍ବସ୍ୱ ଦୁନିଆରେ ଆଜି ବି ଲୋକ ଅଛନ୍ତି ଯେଉଁମାନେ ଚାଷ ପାଇଁ ସମର୍ପିତ।



ଆନନ୍ଦ ନାୟକ ଜଣେ ଯୁବ ଚାଷୀ। ଯଦିଓ ଚାକିରୀ ତାଙ୍କର ପେଶା, ଚାଷ ତାଙ୍କର ନିଶା। ରାସାୟନିକ ସାର ଓ କୀଟନାଶକର ବ୍ୟବହାର କରି ପରିବେଶ ଓ ସ୍ୱାସ୍ଥ୍ୟର ବ୍ୟାପକ କ୍ଷତି ସମ୍ପର୍କରେ ଅବଗତ ହେବା ପରେ ସେ ସମ୍ପୂର୍ଣ୍ଣ ଭାବରେ ଜୈବିକ ଚାଷକୁ ଆପଣାଇନେଲେ। ଗାଇ ଗୋବରକୁ ବ୍ୟବହାର କରି ଏବେ ସେ ଗୋବର ଖତରୁ ସୁନାର କ୍ଷେତ କରିବା ଦିଗରେ ବ୍ରତୀ ହୋଇ ରହିଛନ୍ତି। ଏବେ ସେ ରାସାୟନିକ ସାରକୁ ବ୍ୟବହାର ନକରି ବି ଯେ ଜଣେ ଲାଭବାନ ହୋଇପାରିବ , ତାହାକୁ କରି ଦେଖାଇଦେଇଛନ୍ତି। ସତରେ ତାଙ୍କ ଉଦ୍ୟମ ପ୍ରଶଂସନୀୟ। ସେ ଯୁବଗୋଷ୍ଠୀଙ୍କ ପାଇଁ ଉଦାହରଣ।

**- ବିଜୟ କୁମାର ମହାନ୍ତି,**
ଅବସରପ୍ରାପ୍ତ ଜିଲ୍ଲା ମୁଖ୍ୟ କୃଷି ଅଧିକାରୀ, ଗଜପତି



ଆନନ୍ଦ ଆମ ଗାଁର ଜଣେ ସଫଳ ଚାଷୀ। ସେ ବେଶ ସଫଳତାର ସହ ଜୈବିକ ଚାଷ କରିପାରିଛି। ନିଜ ଜମିରେ ଜୀବାମୃତ,ହାଣ୍ଡିଖତ ପରି ଜୈବିକ କୀଟନାଶକ ନିଜେ ପ୍ରସ୍ତୁତ କରି ବ୍ୟବହାର କରି ଆଜି ସମସ୍ତଙ୍କ ପାଇଁ ଉଦାହରଣ ସାଜିପାରିଛି।

**- ପ୍ରକାଶ ପଲେଇ, ବଉଳାବନ୍ଧ**

ଚାଷ କାମ ଯାହାର, କେଡ଼େ ସୁଖ ତାହାର – ଏକଥାକୁ ସଠିକ ଭାବରେ ପ୍ରମାଣିତ



କରିପାରିଛି ଆନନ୍ଦ। ଏବେକାର ଯୁବସମାଜ ପାଇଁ ଆନନ୍ଦ ଜଣେ ସଫଳ ଉଦାହରଣ। ସେ ଚାକିରୀ କରିବା ସହ ଜୈବିକ ଚାଷ କରି ବେଶ ଲାଭ ପାଇପାରିଛି। ଆନନ୍ଦକୁ ଅନୁକରଣ କରି ଯୁବଗୋଷ୍ଠୀ ଏବେ ଜୈବିକ ଚାଷକୁ ପ୍ରାଧାନ୍ୟ ଦେବା ସହ ଏ ଦିଗରେ କାମ କଲେ ରୋଜଗାରକ୍ଷମ ହୋଇପାରିବେ , ଏଥିରେ ସନ୍ଦେହ ନାହିଁ।

**- ରାମଚନ୍ଦ୍ର ଖୁଣ୍ଟିଆ, ଚାଷୀ**

## ଧାନ ଫସଲରେ ପତ୍ରପୋଡ଼ା ରୋଗ ବ୍ୟାପୁଥିଲେ...

ଏହା ମୁଖ୍ୟତଃ ଜୀବାଣୁ ଦ୍ୱାରା ହୋଇଥାଏ । ଏହାକୁ ମଧ୍ୟ କ୍ରେସେକ ରୋଗ କୁହାଯାଏ । ଧାନ ତଳି ଅବସ୍ଥାରେ ଏବଂ ଫୁଲ ଅବସ୍ଥାରେ ଏହି ରୋଗ ଦେଖାଯାଏ ।



**ଲକ୍ଷଣ :**

- ପ୍ରଥମତଃ କ୍ରେସେକ ଅର୍ଥାତ ଝାଉଁଳା ପ୍ରକୃତି ଦେଖାଦିଏ।
- ଗଛ ଶୁଖିଯିବା ସହିତ ଝଡ଼ି ପଡ଼େ । ଏହାପରେ ୪-୬ ସପ୍ତାହ ଚାରାର ପତ୍ରର ଉପର ପାର୍ଶ୍ୱରୁ ତଳଯାଏଁ ଶୁଖି ଯିବାର ଦେଖାଯାଏ ।
- ୨୫-୩୦ ଡିଗ୍ରୀ ତାପମାତ୍ରା ଏହା ପାଇଁ ଖୁବ୍ ସହଯୋଗୀ ।
- ଅଧିକ ଯବକ୍ଷାରଜାନ ସାର ପ୍ରୟୋଗ କଲେ ବେଶୀ ହୋଇଥାଏ ।

**ସମାଧାନ :**

- ବିହନକୁ ଷ୍ଟ୍ରେପଟୋସାଇକ୍ଲିନରେ ବିଶୋଧନ କରିବା ଆବଶ୍ୟକ ।
- ଏହାଛଡ଼ା ଏଗ୍ରିମାଇସିନ ୧୦୦ ଗ୍ରାମ୍ ଓ କପର ଅକ୍ସିକ୍ଲୋରାଇଡ଼ ୫୦୦ ଗ୍ରାମକୁ ୫୦୦ ଲିଟର ପାଣିରେ ପକାଇ ୩-୪ଥର ସ୍ପ୍ରେ କରିବା ଆବଶ୍ୟକ ।
- ଅଧିକ ଯବକ୍ଷାରଜାନ ସାର ପ୍ରୟୋଗ କରିବା ବନ୍ଦ କରିବା ଆବଶ୍ୟକ ।
- ସହନଶୀଳ କିସମ ବ୍ୟବହାର କରିବା ଆବଶ୍ୟକ ।

## ଛାତ ଉପରେ ବଗିଚା



ରୁଫଟପ୍ ଗାର୍ଡେନିଙ୍ଗ ସହରାଂଚଳ କୃଷିର ଏକ ସ୍ୱତନ୍ତ୍ର ଅବଦାନ। କହିବାକୁ ଗଲେ ଘରର ଛାତ ଉପରେ ଥିବା ଖାଲି ସ୍ଥାନ ସବୁବେଳେ ଅଦରକାରୀ ହୋଇ ପଡ଼ିରହିଥାଏ। ତେବେ ଏସବୁ ସ୍ଥାନକୁ ଯଦି କୌଣସି ଉପାୟରେ କର୍ମ ଉପଯୋଗୀ କରାଯାଇପାରନ୍ତା ତାହେଲେ ଏହା ସବୁଜମୟ ପରିବେଶ ସୃଷ୍ଟି କରିପାରିବ। ଘରର ଛାତ ଉପରେ ବଗିଚାଟିଏ ଉପଯୁକ୍ତ ସୂର୍ଯ୍ୟାଲୋକ ଓ ବର୍ଷା ପାଇପାରେ। ସବୁଠାରୁ ବଡ଼ କଥା ଏହା କି ରୁଫଟଫ ଗାର୍ଡେନିଙ୍ଗ କରିବା ଦ୍ୱାରା ଯେଉଁ ଜଳ ନଷ୍ଟ ହୋଇ ଯାଉଥିଲା ତାହାକୁ ରୋକାଯାଇପାରିବ। ପରିବେଶକୁ ସୁରକ୍ଷିତ ରଖାଯାଇପାରିବ। ସୁତରାଂ ଏହା ଏକ ଅତ୍ୟାଧୁନିକ କୌଶଳ ଓ କମ ଖର୍ଚ୍ଚରେ ଆତ୍ମନିର୍ଭରଶୀଳ ହେବାର ଏକ ନୂତନ ସୋପାନ।

**ଉପକାରିତା -**

- ଶତକଡ଼ା ୫୦ଭାଗ ଜଳକୁ ସଂରକ୍ଷିତ କରାଯାଇପାରିବ ଓ ଏହା ଗଛର ବଂଶବିସ୍ତାରରେ ସାହାଯ୍ୟ କରିଥାଏ।
- ଘରର ଛାତକୁ ଯେକୌଣସି କ୍ଷତିକାରକ ରଶ୍ମି ଓ ଅତ୍ୟଧିକ ତାପମାତ୍ରା କବଳରୁ ରକ୍ଷା କରିଥାଏ।
- ଖରା ଦିନେ ଛାତ ଥଣ୍ଡା ଓ ଶୀତ ଦିନେ ଉଷୁମ ରହିଥାଏ।
- ପରିବେଶ ପ୍ରଦୂଷଣରୁ ମୁକ୍ତ ତଥା ପରିବେଶ ସନ୍ତୁଳନରେ ସାହାଯ୍ୟ କରେ।
- ମାନସିକ ଶାନ୍ତି ତଥା ଏହା ଆକର୍ଷଣୀୟ ପରିପାଟୀରେ ଶୋଭା ପାଇଥାଏ।
- ଘର ଛାତ ଉପରେ ଥିବାରୁ ଉତ୍ସ୍ୱେଦନ ପ୍ରକ୍ରିୟାରେ ଉତ୍ତାପ ହ୍ରାସ କରିଥାଏ।

**ଉପଯୁକ୍ତ ଫସଲ ଚୟନ-**

ଯଦିଓ ରୁଫଟପ୍ ଗାର୍ଡେନିଙ୍ଗ ବିଭିନ୍ନ ଦିଗ ଉପରେ ଗୁରୁତ୍ୱ ଦେଇଥାଏ ପରନ୍ତୁ ଫସଲ ଚୟନ ଏକ ପ୍ରମୁଖ ତଥା ଦରକାରୀ ସୋପାନ। ତେବେ କେଉଁ ସମୟରେ କେଉଁ ଫସଲ ଚାଷ କଲେ ଆମର ଉତ୍ପାଦନର ହାର ବୃଦ୍ଧି ପାଇବ ଓ କେଉଁ ପରିବେଶ ପାଇଁ କେଉଁ ଫସଲର ଚାହିଦା ବେଶୀ (ଋତୁ ଅନୁଯାୟୀ) ସେସବୁ ଉପରେ ଧ୍ୟାନ ଦେବାକୁ ପଡ଼ିବ। ଏହା ବ୍ୟତୀତ ପିଏଚ୍ ଏକ ମୁଖ୍ୟ ଦିଗନ୍ତ। ମାଟିର ପିଏଚ୍ ଅନୁସାରେ ଫସଲ ମଧ୍ୟ ଭିନ୍ନ ଭିନ୍ନ ଚାଷ କରାଯାଏ। ଏମିତିକି କିଛି ଫସଲର ଦେଶୀ କିସମ ମଧ୍ୟ ଚାଷ କରାଯାଇପାରେ। ତେବେ ଏସବୁକୁ ବିଭିନ୍ନ ଦିଗ(ରୁଫର ଡ଼ାଇମେନସନ୍ ,ମରୁଡ଼ି ସହନଶୀଳ ,ସଅଳ କିସମ)ପ୍ରତି ଧ୍ୟାନ ଦେଇ ଚାଷ କରାଯାଇଥାଏ। ଏହା ଆତ୍ମନିଯୁକ୍ତିକୁ ପ୍ରୋତ୍ସାହନ ଯୋଗାଇଥାଏ।

**ଖତସାର ପ୍ରୟୋଗ:**

ବିଭିନ୍ନ ଫସଲ ମୃତ୍ତିକାର ପତଳା ସ୍ତର ଦେଇ ଭଲ ଭାବେ ବଢ଼ିପାରିଥାଏ। ତେବେ ରୁଫଟପ୍ ଗାର୍ଡେନିଙ୍ଗରେ ଖତ ସାରର ପ୍ରୟୋଗ ଠିକ ଭାବେ ଆଉ ସଠିକ ସମୟରେ ପ୍ରୟୋଗ କରିବା ଦରକାର। ଯେମିତିକି କୌଣସି ସମୟରେ ପୋଷକ ତତ୍ତ୍ୱର ଅଭାବ ପରିଲକ୍ଷିତ ନହୁଏ। କାରଣ ଗଛ ପାଇଁ ନାଇଟ୍ରୋଜେନ , ଫସଫରସ , ପଟାସର ଏକ ମୁଖ୍ୟ ଭୂମିକା ନେଇଥାଏ। ତେବେ ଖତସାର ପ୍ରୟୋଗରେ ଅନିୟମିତତା ଦେଖାଦେଲେ ଠିକ ଭାବେ ଖଣିଜଲବଣ ମିଳିପାରିନଥାଏ। ଯାହା ଫଳରେ ଗଛ ଠିକ ଭାବେ ବଢ଼ିପାରିନଥାଏ। ଏହା ଯୋଗୁଁ ଚେର ଖାଦ୍ୟ ପାଇପାରେ ନାହିଁ। ଫଳରେ ଗଛଟି କମ୍ ଦିନରେ ମରିଯାଏ। ତେବେ ରୋଗପୋକ ପରିଚାଳନା ଠିକ ଭାବେ କରାଗଲେ ଅମଳ ସହିତ ଗଛ ବି ସୁସ୍ଥ ରହିଥାଏ।



ସୁତରାଂ ରୁଫଟପ୍ ଗାର୍ଡେନିଙ୍ଗରେ ଜୈବିକ ଉପାୟରେ କୀଟ ପରିଚାଳନା କରାଗଲେ ଏହା ଆମକୁ ରାସାୟନିକ କୀଟନାଶକର କୁପ୍ରଭାବରୁ ରକ୍ଷା କରିପାରିବ। ତେବେ ଏଥିପାଇଁ ମୁଖ୍ୟତଃ ହାଣ୍ଡିଖତ ଓ ପଂଚଗବ୍ୟକୁ ବ୍ୟବହାର କରାଯାଏ। ଏହା ବ୍ୟତୀତ ନିମ୍ବ ପିଡ଼ିଆ , ନିମତେଲକୁ ମଧ୍ୟ ବ୍ୟବହାର କରାଯାଏ।

ରୁଫ୍‌ଟପ୍ ଗାର୍ଡେନିଙ୍ଗରେ ଜୈବିକ ଉପାୟରେ କୀଟ ଦମନ ପାଇଁ ଆମେ ଜୀବାମୃତ ଓ ନୀମାସ୍ତ୍ର କୁ ମଧ୍ୟ ବ୍ୟବହାର କରିପାରିବା।

## ଆର୍ଥିକ ବିକାଶରେ କୃଷିଭିତ୍ତିକ ଗ୍ରାମୀଣ ଶିଳ୍ପ

**ଇଂ ଅଭୟ ସୂତାର**

ଭାରତବର୍ଷର କ୍ରମବର୍ଦ୍ଧିଷ୍ଣୁ ଜନସଂଖ୍ୟା ଅନୁଯାୟୀ ଚାକିରୀ ସୁଯୋଗ ସୃଷ୍ଟି କରିବା କୌଣସି ସରକାର ପକ୍ଷେ ସମ୍ଭବ ନୁହେଁ, କିନ୍ତୁ ଶିକ୍ଷିତ ବେକାରମାନଙ୍କୁ ଆତ୍ମନିଯୁକ୍ତି ଦେବା ପାଇଁ ସରକାର ବିଭିନ୍ନ ଯୋଜନା ପ୍ରଣୟନ କରିଛନ୍ତି। ବ୍ୟବସାୟିକ ବ୍ୟାଙ୍କ ଓ ଆର୍ଥିକ ଅନୁଷ୍ଠାନମାନଙ୍କ ଜରିଆରେ ମଧ୍ୟ ସରକାର ଶିକ୍ଷିତ ବେକାରମାନଙ୍କୁ ସ୍ୱଳ୍ପ ସୁଧରେ ଋଣ ଯୋଗାଇ ଦେବା ପାଇଁ ବ୍ୟବସ୍ଥା କରିଛନ୍ତି । ଯେଉଁ ଯୁବକମାନେ ଆତ୍ମନିଯୁକ୍ତି ପାଇଁ ଇଚ୍ଛା ପ୍ରକଟ କରିବେ, ସେମାନେ ଏହି ବ୍ୟାଙ୍କମାନଙ୍କରୁ ଋଣ ନେଇ କ୍ଷୁଦ୍ର ଶିଳ୍ପ, ଖଦୀ ଓ ଗ୍ରାମୋଦ୍ୟୋଗ ଶିଳ୍ପ, କ୍ଷୁଦ୍ର ବ୍ୟବସାୟ ପ୍ରତିଷ୍ଠାନ ଅଥବା କ୍ଷୁଦ୍ର ସେବାସଂସ୍ଥା ଇତ୍ୟାଦି ପ୍ରତିଷ୍ଠା କରିପାରିବେ । ଏହି ବ୍ୟବସାୟରେ ସେମାନେ ନିଜେ ଆତ୍ମନିଯୁକ୍ତି ପାଇବା ସଙ୍ଗେ ସଙ୍ଗେ ଅନ୍ୟାନ୍ୟ ଶିକ୍ଷିତ ବେକାର ଯୁବକମାନଙ୍କୁ ମଧ୍ୟ ନିଯୁକ୍ତି ଦେଇପାରିବେ । ଶିଳ୍ପ ତାଲିମ ଅନୁଷ୍ଠାନମାନଙ୍କରୁ ଉତ୍ତୀର୍ଣ୍ଣ ଛାତ୍ରଛାତ୍ରୀମାନଙ୍କୁ ଆତ୍ମନିଯୁକ୍ତି ଯୋଜନା ମାଧ୍ୟମରେ ଅଧିକ ସୁବିଧା ସୁଯୋଗ ଯୋଗାଇ ଦିଆଯାଉଛି । ସୁତରାଂ ଆଜିର ବୈଷୟିକ ତାଲିମପ୍ରାପ୍ତ ଛାତ୍ରଛାତ୍ରୀମାନେ ଆଉ ଚାକିରୀ ପଛରେ ନ ଗୋଡ଼ାଇ ନିଜେ କିଛି ଧନ୍ଦା କରି ଆତ୍ମନିଯୁକ୍ତ ହେବା ନିମିତ୍ତ ଆଗେଇ ଆସିବା ପାଇଁ ସମୟ ଆସିଛି ।

ବୈଷୟିକ ଶିକ୍ଷାପ୍ରାପ୍ତ ଯୁବକଯୁବତୀମାନେ ନିଜ ଗ୍ରାମାଞ୍ଚଳରେ ବରଫକଳ, ଚିଙ୍ଗୁଡ଼ି ଚାଷ, ମଧୁର ଜଳ ମାଛଚାଷ, ଚିଙ୍ଗୁଡ଼ି ଖାଦ୍ୟ ପ୍ରସ୍ତୁତି, ଶୁଖୁଆ ଓ ମାଛ ଆଚାର ପ୍ରସ୍ତୁତି, ମାଛଧରା ଡ଼ଙ୍ଗା, ଟ୍ରଲର ନିର୍ମାଣ ଓ ମରାମତି, ମାଛଧରା ଜାଲ ଓ ଫ୍ଲୋଟିଂ ନିର୍ମାଣ, ଶୀତଳ ଭଣ୍ଡାର, ଧାନକଳ ଓ ଚୂଡ଼ାକଳ, ଡ଼ାଲିକଳ, ମସଲା ଗୁଣ୍ଡ ପ୍ରସ୍ତୁତି, ଅଟାକଳ, ତେଲକଳ, ଝୋଟ ଦଉଡ଼ି ଓ ଅଖା ପ୍ରସ୍ତୁତି, ନଡ଼ିଆ ତେଲ ଓ ନଡ଼ିଆ ଗୁଣ୍ଡ ପ୍ରସ୍ତୁତି, ଚିନି ଓ ଗୁଡ଼ ପ୍ରସ୍ତୁତି, ବାଦାମ ମି ଚୋପା ଛଡ଼େଇବା, ରବର ଚାଷ, ଜେଲି, ଜାମ୍, ସସ୍ ଓ ଆଚାର ତିଆରି, ଫଳ ବଗିଚା, ବିସ୍କୁଟ/ପାଉଁରୁଟି ପ୍ରସ୍ତୁତି ଗୋଲ କୋଇଲା ପ୍ରସ୍ତୁତି, କାଜୁ ଚାଷ ଓ ପ୍ରୋସେସିଂ, ମି ଉତ୍ପାଦନ, ନଡ଼ିଆକତା ଦଉଡ଼ି, ପାପୋଛ ପ୍ରସ୍ତୁତି, ଛତୁଚାଷ, ଆଖୁ ଛେଦାରୁ କାଗଜ ତିଆରି, କୁଣ୍ଡାରୁ କାର୍ଡବୋର୍ଡ଼, ପଶୁପକ୍ଷୀ ଖାଦ୍ୟ ପ୍ରକ୍ରିୟାକରଣ, ସାବୁନ ପ୍ରସ୍ତୁତକରଣ, ଦୁଗ୍ଧଜାତ ପଦାର୍ଥ ପ୍ରକ୍ରିୟାକରଣ ଶିଳ୍ପ ପ୍ରଭୃତି ସ୍ଥାପନ କରିପାରିବେ ।

ଆମ ରାଜ୍ୟର କୃଷକ ଆବାହମାନକାଳରୁ ଚିରାଚରିତ ପ୍ରଥାରେ ପୁରୁଣା କାଳିଆ ଡ଼ାଙ୍ଗାରେ ଜମିଚାଷ କରି ଆଶାନୁରୂପ ଫସଲ ପାଇପାରୁନାହିଁ । ଆଧୁନିକ ଯନ୍ତ୍ରପାତି ବ୍ୟବହାର କଲେ ଫସଲ ଦ୍ୱିଗୁଣିତ ହୋଇପାରିବ। ମାଟିରେ ଗଭୀର ଚାଷପାଇଁ ଲୁହା ଲଙ୍ଗଳ, ପାୱାର ଟିଲର ଏବଂ ଟ୍ରାକ୍ଟର ଆଦିର ବ୍ୟବହାର ଜରୁରୀ ହୋଇପଡ଼ିଛି । ନିଜର ସ୍ଥିତି ଓ ଆର୍ଥିକ ପରିସ୍ଥିତିକୁ ନେଇ ସାଧାରଣ ଚାଷୀ ଲୁହାଲଙ୍ଗଳ, ମଧ୍ୟମ ଚାଷୀ ପାୱାର ଟିଲର ଏବଂ ଧନୀ ଶ୍ରେଣୀର ଚାଷୀ ଟ୍ରାକ୍ଟର, ଧାନରୁଆ ଯନ୍ତ୍ର, ଧାନ ଅମଳ ଯନ୍ତ୍ର ବ୍ୟବହାର କରିପାରିବେ । ଏହି କୃଷି ଯନ୍ତ୍ରପାତିର ରକ୍ଷଣାବେକ୍ଷଣ ଅବଶ୍ୟ ଜରୁରୀ ଦରକାର । ଶିଳ୍ପ ତାଲିମ ଅନୁଷ୍ଠାନରୁ ତାଲିମପ୍ରାପ୍ତ ଯୁବକମାନେ ଗାଁ ଗହଳିରେ କର୍ମଶାଳା ତିଆରି କରି ଟ୍ରାକ୍ଟର ଏବଂ ଅନ୍ୟାନ୍ୟ ଯନ୍ତ୍ରପାତିର ସାମୂହିକ ରକ୍ଷଣାବେକ୍ଷଣ କରିପାରିବେ । ଏହାଦ୍ୱାରା ବୈଷୟିକ ଜ୍ଞାନ ଥିବା ଯୁବକମାନେ ସହରାଭିମୁଖୀ ନ ହୋଇ ଗାଁରେ ନିଯୁକ୍ତି ପାଇପାରିବେ ଏବଂ କୃଷିର ଅଭିବୃଦ୍ଧି ଘଟାଇବେ।

ସରକାରଙ୍କର କୃଷିନୀତି ଅନୁସାରେ ରାଜ୍ୟର ଜଳସେଚନର ଅଭିବୃଦ୍ଧି ପାଇଁ ପ୍ରଚେଷ୍ଟା କରାଯାଉଅଛି । ବର୍ତ୍ତମାନ ରାଜ୍ୟରେ ୪୦% ଜମିରେ ଜଳସେଚନ ବ୍ୟବସ୍ଥା ଅଛି ଓ ଏହି ବର୍ଷ ମଧ୍ୟରେ ଏହାକୁ ୫୦% ପରିଣତ କରିବା ପାଇଁ ଚେଷ୍ଟା ଚାଲିଛି । ଏଥିପାଇଁ ଗଭୀର କୂପ ଏବଂ କେନାଲ ବନ୍ଧମାନଙ୍କରେ ବିଦ୍ୟୁତ୍‌ଚାଳିତ ପମ୍ପମାନ ବସାଇବାର ବ୍ୟବସ୍ଥା ହେବ । ବୈଦ୍ୟୁତିକ ଯନ୍ତ୍ରପାତିର ରକ୍ଷଣାବେକ୍ଷଣ ଓ ଏହାର ମରାମତି ପାଇଁ ବୈଷୟିକ ଜ୍ଞାନ ଥିବା ଯୁବକମାନଙ୍କର ଆବଶ୍ୟକତା ରହିଛି । ଶିଳ୍ପ ତାଲିମ ଅନୁଷ୍ଠାନରେ ଶିକ୍ଷାଲାଭ କରୁଥିବା ଇଲେକ୍ଟ୍ରିକାଲ ଓ ମେକାନିକାଲ୍ ଛାତ୍ରମାନେ ଜଳସେଚିତ ଅଞ୍ଚଳରେ ପମ୍ପ୍‌ଆଦି ଯନ୍ତ୍ରପାତିର ରକ୍ଷଣାବେକ୍ଷଣ ପାଇଁ କର୍ମଶାଳା ଖୋଲି ନିଯୁକ୍ତି ପାଇପାରିବେ ।

ବୈଜ୍ଞାନିକ ପ୍ରଣାଳୀରେ ଚାଷ ପାଇଁ ବିହନ ପ୍ରକ୍ରିୟାକରଣ ଯନ୍ତ୍ର, ମି ଓ ସାର ବୁଣା ଯନ୍ତ୍ର, ପ୍ରକ୍ରିୟାକରଣ ଯନ୍ତ୍ର, ବାଲୁଙ୍ଗା ବଛା ଯନ୍ତ୍ର ବାହାରିଲାଣି। ଶ୍ରମର ସଠିକ ଉପଯୋଗ ପାଇଁ ଏବଂ ଚାଷର ମିତବ୍ୟୟିତା ପାଇଁ ଏହି ସବୁ ଉନ୍ନତ କୃଷିଯନ୍ତ୍ରପାତି ମଝିରେ ମଝିରେ ଖରାପ ହୋଇଥାଏ । ଶିଳ୍ପ ତାଲିମ ଅନୁଷ୍ଠାନର ଶିକ୍ଷାର୍ଥୀମାନେ ଏହିସବୁ ଯନ୍ତ୍ରପାତିର ରକ୍ଷଣାବେକ୍ଷଣ ଏବଂ ମରାମତି ଉପରେ ଜ୍ଞାନ ଲାଭ କରିଥିଲେ ଗାଁରେ ଆତ୍ମନିଯୁକ୍ତି ପାଇପାରିବେ । ଏହାଦ୍ୱାରା ଉଭୟ ଚାଷୀ ଓ ବୈଷୟିକ ଛାତ୍ରମାନେ ଉପକୃତ ହୋଇପାରିବେ ।

ବର୍ତ୍ତମାନ କୃଷିରୁ ଅଧିକ ଅମଳ ପାଇଁ ବିଭିନ୍ନ କିସମର ଅଧିକ ଅମଳକ୍ଷମ ଶଙ୍କର ଜାତୀୟ ଫସଲ ଏବଂ ପନିପରିବା ଚାଷକରାଯାଉଛି । ଏହି ସବୁ ଫସଲ ପାଇଁ ଅଧିକ ପରିମାଣର ସାର ଆବଶ୍ୟକ ପଡୁଛି । ଏହାଦ୍ୱାରା ନୂଆ ନୂଆ ପ୍ରକାର ରୋଗ ଏବଂ ପୋକର ପ୍ରାଦୁର୍ଭାବ ମଧ୍ୟ ଦେଖାଯାଇଥାଏ । ଏହି ରୋଗ ପୋକ ନିୟନ୍ତ୍ରଣ ପାଇଁ କୃଷି ଯନ୍ତ୍ରପାତି (ଆଧୁନିକ ସ୍ପ୍ରେୟର ଏବଂ ଡ଼ଷ୍ଟର ଭଳି) ବ୍ୟବହାର ହୁଏ । ଏଗୁଡ଼ିକ ସମୟ ସମୟରେ ଖରାପ ହୁଏ । ଏହାର ମରାମତି ପାଇଁ ଚାଷୀକୁ ସହରକୁ ଯିବାକୁ ପଡ଼େ । ଛାତ୍ରମାନଙ୍କର ଏ ଦିଗରେ ଜ୍ଞାନ ଥିଲେ ଏହି ଯନ୍ତ୍ରପାତିର ରକ୍ଷଣାବେକ୍ଷଣ କରି ଗାଁରେ ଚାଷୀମାନଙ୍କୁ ସାହାଯ୍ୟ କରିପାରିବେ ଏବଂ ସେମାନେ ମଧ୍ୟ ରୋଜଗାରକ୍ଷମ ହୋଇପାରିବେ ।

ଆମ ରାଜ୍ୟ ଏବଂ ଦେଶର ଶସ୍ୟ ଅମଳପରେ ୨୫% ରୁ ୩୦% ଭାଗ ଶସ୍ୟ ଉପଯୁକ୍ତ ସୁରକ୍ଷା ଅଭାବରୁ ନଷ୍ଟ ହୋଇଥାଏ । ଅଯଥା ନଷ୍ଟ ହେଉଥିବା ଶସ୍ୟକୁ ବୈଜ୍ଞାନିକ ପ୍ରଣାଳୀରେ ସାଇତା କରି ରଖାଯାଇପାରିବ । ଅମଳ ହୋଇଥିବା ଫସଲକୁ ଉପଯୁକ୍ତ ଭାବରେ ସାଇତି ରଖିବା ପାଇଁ ବୈଜ୍ଞାନିକ ପ୍ରଣାଳୀରେ ତିଆରି ଶସ୍ୟ ସଂରକ୍ଷଣ କୋଠରୀମାନ ମଧ୍ୟ କରାଯାଇପାରୁଛି । ଏହି କୋଠରୀସବୁ ବିଭିନ୍ନ ଧାତୁରେ କିମ୍ବା ଗାଁ ଗହଳିରେ ମିଳୁଥିବା କଞ୍ଚାମାଲରେ ପ୍ରସ୍ତୁତ କରାଯାଇପାରୁଛି। ଶିଳ୍ପ ତାଲିମ ଅନୁଷ୍ଠାନର ଛାତ୍ରମାନଙ୍କର ଉନ୍ନତ ସଂରକ୍ଷଣ କୋଠରୀ ସମ୍ବନ୍ଧରେ ଜ୍ଞାନ ଥିଲେ ଶସ୍ୟକୁ ନଷ୍ଟ ହେବାରୁ ରକ୍ଷା କରାଯାଇପାରିବ । ଆଉ ମଧ୍ୟ ଫଳ ଓ ପନିପରିବାକୁ ଉପଯୁକ୍ତ ଭାବେ ସାଇତି ରଖାଯାଇପାରୁ ନ ଥିବାରୁ ତାହା ନଷ୍ଟ ହେବାର ସମ୍ଭାବନା ବହୁତ ବେଶୀ । ତେଣୁ ଏଥିପାଇଁ ଗ୍ରାମାଞ୍ଚଳ ଓ ପଞ୍ଚାୟତ ସ୍ତରରେ ଶୀତଳଭଣ୍ଡାରମାନ ତିଆରି ଏବଂ ଏହି ଶୀତଳଭଣ୍ଡାରର ରକ୍ଷଣାବେକ୍ଷଣ ଓ ମରାମତି ପାଇଁ ଇଂଜିନିୟରିଂ ଜ୍ଞାନ ଥିବା ଛାତ୍ରମାନଙ୍କର ମଧ୍ୟ ଆବଶ୍ୟକତା ରହିଛି । ଏପରି ସ୍ଥଳେ ବୈଷୟିକ ଜ୍ଞାନ ଥିବା ଛାତ୍ର ଶୀତଳଭଣ୍ଡାରରେ ନିଯୁକ୍ତି ପାଇଲେ ଉଭୟ ଚାଷୀ ଓ ଯୁବକମାନେ ଉପକୃତ ହେବେ ।

ଲଙ୍କା ଆମ୍ବରୁ ସସ୍, ସ୍କ୍ୱାସ, ଜାମ୍ ଓ ଜେଲି ଏବଂ ଚୋପାରୁ ତେଲ ନିଷ୍କାସନ କରାଯାଇପାରୁଛି । ଆମ୍ବ ସମୟରେ ଆମ୍ବରୁ ଆଚାର ପ୍ରସ୍ତୁତି, ପାଚିଲା ଆମ୍ବରୁ ଆମ୍ବସଢ଼ା, ସ୍କାସ୍‌ପ୍ରସ୍ତୁତି ଓ ଆମ୍ବ କୋଇଲିକୁ ପଶୁ ଖାଦ୍ୟରେ ପରିଣତ କରିବା ପାଇଁ ଏକ କ୍ଷୁଦ୍ର କୁଟୀର ଶିଳ୍ପ ପ୍ରତିଷ୍ଠା କରାଯାଇପାରିବ। ଏ ଦିଗରେ ଯୁବକମାନଙ୍କର ବୈଷୟିକ ଜ୍ଞାନ ଥିଲେ ସେମାନେ ଖୁବ୍ କମ୍ ଖର୍ଚ୍ଚରେ ଏଭଳି ଶିଳ୍ପ ସ୍ଥାପନ କରି ଆତ୍ମନିଯୁକ୍ତି ପାଇପାରିବେ। କୃଷି ସମ୍ପୂର୍ଣ୍ଣ ଜଳବାୟୁ ଉପରେ ନିର୍ଭର କରେ । ଜଳବାୟୁ (ବର୍ଷା, ଶୀତ ଏବଂ ଉତ୍ତାପ ) କିପରି ଆସେ ଏବଂ କିପରି ଯାଏ, ତାହା କେବଳ ପ୍ରକୃତି ହିଁ ଜାଣେ । ବନ୍ୟା, ବାତ୍ୟା, ମରୁଡ଼ିରେ ଆମ ରାଜ୍ୟର ୫୦% ଭାଗ ଫସଲ ନଷ୍ଟ ହୋଇଯାଏ । ବର୍ତ୍ତମାନ ଜଳବାୟୁର ଗତିବିଧିକୁ ଜାଣିବା ପାଇଁ ଇଲେକ୍ଟ୍ରୋନିକ୍ସ ଯନ୍ତ୍ରପାତିମାନ ବାହାରିଲାଣି । ଏହାଦ୍ୱାରା କେତେବେଳେ ବର୍ଷା ହେବ, ବାତ୍ୟା ହେବ, ମରୁଡ଼ି ହେବ, ବନ୍ୟା ହେବ ତାହା ସହଜରେ ଜାଣିହୁଏ ଓ ଚାଷୀ ଏ ବିଷୟରେ ସତର୍କ ହୋଇପାରିବ । ଇଲେକଟ୍ରୋନିକ୍ସ ଯନ୍ତ୍ରପାତି ଅତି ସୂକ୍ଷ୍ମ ଏବଂ ଏହାର ମରାମତି ଓ ରକ୍ଷଣାବେକ୍ଷଣ ମଧ୍ୟ ଅତି ବ୍ୟୟସାପେକ୍ଷ । ଶିଳ୍ପ ତାଲିମ ଅନୁଷ୍ଠାନରେ ଇଲେକ୍ଟ୍ରୋନିକ୍ସ ଜ୍ଞାନ ଥିବା ଛାତ୍ରମାନେ ପଞ୍ଚାୟତ ବା ଉପଖଣ୍ଡ ସ୍ତରରେ ଜଳବାୟୁ ନିୟନ୍ତ୍ରିତ ଇଲେକଟ୍ରୋନିକ୍ସ ଯନ୍ତ୍ର ବସାଇ ଚାଷୀକୁ ଏ ଦିଗରେ ସତର୍କ କରାଇପାରିବେ ଏବଂ ସେମାନେ ପାରିଶ୍ରମିକ ହିସାବରେ ଚାଷୀଠାରୁ ମୂଲ୍ୟ ପାଇପାରିବେ । ବର୍ତ୍ତମାନ ଯୁଗକୁ କମ୍ପ୍ୟୁଟର ଯୁଗ କୁହାଯାଉଛି। କମ୍ପ୍ୟୁଟରରେ ଚାଷବାସ ସମ୍ବନ୍ଧୀୟ ପରିସଂଖ୍ୟାନ ଲିପିବଦ୍ଧ ହୋଇ ରହିଥିବ ଏବଂ ବାର୍ଷିକ କ୍ଷେତର ଅମଳ ଏବଂ କେଉଁ ପ୍ରକାର ଫସଲ ଚାଷ ହେଉଛି, କେତେ ଖାଦ୍ୟସାର ପଡ଼ିଛି, କେଉଁ ପ୍ରକାର କୃଷି ଯନ୍ତ୍ରପାତି ଇତ୍ୟାଦି ବ୍ୟବହାର ହୋଇଅଛି, ଏହାକୁ ଲିପିବଦ୍ଧ କରି ରଖାଯାଇପାରିବ।

ସମୟ ଆସିଲେ କମ୍ପ୍ୟୁଟରରୁ ଏହି ସବୁ ସୂଚନା ବାହାର କରାଯାଇ ଭବିଷ୍ୟତ କୃଷିପାଇଁ ବ୍ୟବହାର କରାଯାଇ ପାରିବ। ତେଣୁ କମ୍ପ୍ୟୁଟରର ଜ୍ଞାନ ଥିବା ଛାତ୍ରଛାତ୍ରୀମାନେ ପଞ୍ଚାୟତ ବା ଉପଖଣ୍ଡ ସ୍ତରରେ କମ୍ପ୍ୟୁଟର ରଖି ଚାଷୀମାନଙ୍କୁ ଠିକ୍ ସମୟରେ କୃଷି ସମ୍ବନ୍ଧୀୟ ସୂଚନା ଦେଇପାରିବେ । ତେଣୁ ଆମ ରାଜ୍ୟର ବୈଷୟିକ ଜ୍ଞାନ ଥିବା ଯୁବକ/ଯୁବତୀମାନେ ଆଉ ଚାକିରି ଆଶା ନ ରଖି ଏବଂ ସହରାଭିମୁଖୀ ନ ହୋଇ ଗ୍ରାମାଞ୍ଚଳରେ ଏପରି ଉଦ୍ୟୋଗମାନ ପ୍ରତିଷ୍ଠା କଲେ, ନିଜେ ଆତ୍ମନିଯୁକ୍ତି କର୍ମସଂସ୍ଥାନ ଯୋଗାଣରେ ସାହାଯ୍ୟ କରି ରାଜ୍ୟ ତଥା ଦେଶର ଗୌରବ ଅକ୍ଷୁର୍ଣ୍ଣ ରଖିପାରିବେ ।

**ସଦସ୍ୟ, ଓଡ଼ିଶା ବିଜ୍ଞାନ ଏକାଡ଼େମୀ**

# ମୋ ସହର

## ସୋନାପୁର ବେଳାଭୂମିରେ ଇକୋ ରିଟ୍ରେଟ୍ ଆରମ୍ଭ

ଗଞ୍ଜାମ,(ପି.ଏନ): ଓଡିଶା ପର୍ଯ୍ୟଟନ ବିଭାଗର ପ୍ରୟାସ କ୍ରମେ ସୋନାପୁର ଠାରେ ଆରମ୍ଭ ହୋଇଛି 'ଇକୋ ରିଟ୍ରେଟ୍' । ଓଡିଶାର ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଭିଡିଓ ବାର୍ତା ମାଧ୍ୟମରେ ଗୁରୁବାର ପୂର୍ବାହ୍ନ ସମୟରେ ଓଡିଶାର ୭ ଗୋଟି ପର୍ଯ୍ୟଟନ ସ୍ଥଳୀରେ 'ଇକୋ ରିଟ୍ରେଟ୍' ସ୍ଥାପନ କରାଯାଇଥିବା ସୂଚନା ଦେଇ ଓଡିଶାର ହିଲ୍ ଷ୍ଟେସନ୍, ନଦୀକୂଳ, ଅଭୟାରଣ୍ୟ ଏବଂ ଅନ୍ୟାନ୍ୟ ପର୍ଯ୍ୟଟନ ସ୍ଥଳୀର ବିକାଶ କରାଯାଇଛି । ଏଭଳି ଇକୋ ରିଟ୍ରେଟ୍ କୁ ଲୋକେ ପସନ୍ଦ କରୁଛନ୍ତି ଏବଂ ବାହାର ପର୍ଯ୍ୟଟକ ବିଶେଷ ଆକୃଷ୍ଟ ହେଉଥିବା ଜଣାଇଥିଲେ । କୋଣାର୍କର ଚନ୍ଦ୍ରଭାଗା, ଭିତର କନିକାର ପେଣ୍ଠ, ସମ୍ବଲପୁରର ହୀରାକୁଦ, କଟକର ସାତ କୋଶିଆ, କନ୍ଧମାଳର ଦାରିଙ୍ଗିବାଡି, କୋରାପୁଟର ପୁଟସିଲ୍ ଏବଂ ଗଞ୍ଜାମ ଜିଲ୍ଲାର ସୋନାପୁର ଠାରେ ଆଜି ଠାରୁ ଆସନ୍ତା ୯୦ ଦିନ ଅର୍ଥାତ୍ ଫେବୃୟାରୀ ୨୦୨୩ ପର୍ଯ୍ୟନ୍ତ ଏହି ରିଟ୍ରେଟ୍ କାର୍ଯ୍ୟକ୍ରମ ଚାଲୁ ରହିବ । ନୂଆଦିଲ୍ଲୀର ଜନୈକ ବେସରକାରୀ ସଂସ୍ଥା ଏହି 'ଇକୋ ରିଟ୍ରେଟ୍' କାର୍ଯ୍ୟକ୍ରମର ପରିଚାଳନା କରିବା ଦାୟୀତ୍ୱ ଗ୍ରହଣ କରିଛି । ଗଞ୍ଜାମ ଜିଲ୍ଲା ପ୍ରଶାସନର ସହାୟତା କ୍ରମେ ଜିଲ୍ଲାର ଅନ୍ୱେଷିତ ତଥା ପରିବେଶ ସମ୍ବେଦନଶୀଳ ଗନ୍ତବ୍ୟ ସ୍ଥଳକୁ ପ୍ରୋତ୍ସାହିତ କରିବା ଏବଂ ସ୍ଥାୟୀ ପର୍ଯ୍ୟଟନ ଅଂଚଳକୁ ଲୋକ ଲୋଚନକୁ ଆଣିବା ଲକ୍ଷ୍ୟନେଇ ଏହି କାର୍ଯ୍ୟକ୍ରମ ଆରମ୍ଭ କରାଯାଇଛି । ପର୍ଯ୍ୟଟକ ମାନଙ୍କୁ ଆକୃଷ୍ଟ କଲାଭଳି ଏହିଠାରେ ଆରାମ ଦାୟକ ଟେଂଟର ବ୍ୟବସ୍ଥା, ରହିବା ବ୍ୟବସ୍ଥା, ଶୀତତାପ ନିୟନ୍ତ୍ରୀତ ରେଷ୍ଟରାଂଟ, ଖାଇବା ସ୍ଥାନ ଏବଂ ବାହାରେ ବାର୍ ର ବ୍ୟବସ୍ଥା ରହିଛି । ଏତଦ୍ ବ୍ୟତୀତ ସମ୍ମିଳନୀ କକ୍ଷ, ପିଲାଙ୍କ ସକାଶେ ଖେଳିବା ସ୍ଥାନ, ଗୁଲଫ୍ କାର୍ଟ, ଜଳ ଏବଂ ସ୍ଥଳ ଭାଗରେ ବିଭିନ୍ନ କୌତୁହଳପୂର୍ଣ୍ଣ ଖେଳିବା ସ୍ଥାନ ଏବଂ ପ୍ରତ୍ୟେକ ଦିନ ସାଂସ୍କୃତିକ କାର୍ଯ୍ୟକ୍ରମ ଦେଖିବାର ବ୍ୟବସ୍ଥାମାନ ଏହି ଠାରେ ଉପଲବ୍ଧ ରହିଛି । ପର୍ଯ୍ୟଟକ ମାନଙ୍କୁ ଆକୃଷ୍ଟ କଲାଭଳି ଅନେକ ଗୁଡିଏ ବ୍ୟବସ୍ଥା ଏହି ଠାରେ କରାଯାଇଛି । ଗଞ୍ଜାମ ଜିଲ୍ଲାପାଳ ଦିବ୍ୟଜ୍ୟୋତି ପରିଡା ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଯୋଗଦାନ କରି ଏହାର ଶୁଭାରମ୍ଭ କରି ନିଜ ବକ୍ତବ୍ୟରେ ଜଣାଇଥିଲେ ଯେ, ଜିଲ୍ଲାର ପର୍ଯ୍ୟଟନ ସ୍ଥଳ ଗୁଡିକର ବିକାଶ କରାଯାଇ ପର୍ଯ୍ୟଟକ ମାନଙ୍କୁ ଆକୃଷ୍ଟ କଲାଭଳି କାର୍ଯ୍ୟକ୍ରମ କରାଗଲେ ସ୍ଥାନୀୟ ଲୋକଙ୍କ ଆର୍ଥିକ ମାନଦଣ୍ଡ ବୃଦ୍ଧି ହେବା ସହିତ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ଆତ୍ମ ନିର୍ଭରଶୀଳ ହେବା ଦିଗରେ ଅନେକ ପଥ ପରିଷ୍କାର ହେବ । ଅନ୍ୟତମ ଅତିଥି ଭାବେ ବ୍ରହ୍ମପୁରର ଆରକ୍ଷୀ ଅଧୀକ୍ଷକ ଡଃ. ଶ୍ରବଣ ବିବେକ ଏମ୍., ଜିଲ୍ଲା ପରିଷଦର ମୁଖ୍ୟ ନିର୍ବାହୀ ଅଧିକାରୀ କୀର୍ତିଭାସନ୍ ଭି. ଏବଂ ବ୍ରହ୍ମପୁର ଉପ ଜିଲ୍ଲାପାଳ କୁଲକର୍ଣ୍ଣି ଆଶୁତୋଷ ଯୋଗଦେଇ ପର୍ଯ୍ୟଟନ ବିକାଶ କ୍ଷେତ୍ରରେ ଜିଲ୍ଲାପ୍ରଶାସନ ଦ୍ୱାରା ଗ୍ରହଣ କରାଯାଇଥିବା ବିଭିନ୍ନ ପଦକ୍ଷେପ ସମ୍ପର୍କରେ ଅବଗତ କରାଇ ପର୍ଯ୍ୟଟନର ବିକାଶରେ ଜିଲ୍ଲାର ବିକାଶ ଆଭିମୁଖ୍ୟ ସମ୍ପର୍କରେ ଅବଗତ କରାଇ ଥିଲେ । ଅନ୍ ଲାଇନ୍ ମାଧ୍ୟମରେ ପର୍ଯ୍ୟଟକ ମାନେ ବୁକ୍ କରିପାରିବେ । ପର୍ଯ୍ୟଟନ ବିଭାଗର ସହକାରୀ ନିର୍ଦ୍ଦେଶକ ଡଃ ରତିକାନ୍ତ ପଟ୍ଟନାୟକ ପ୍ରାରମ୍ଭିକ ସୂଚନା ପ୍ରଦାନ କରିଥିବା ବେଳେ ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ରବି ନାରାୟଣ ବେହେରା କାର୍ଯ୍ୟକ୍ରମର ପରିଚାଳନା କରିଥିଲେ । ସମସ୍ତ ଅତିଥି ଏବଂ ଉପସ୍ଥିତ ସମସ୍ତ ଦର୍ଶକ ପର୍ଯ୍ୟଟନ ସ୍ଥଳୀ ପରିଭ୍ରମଣ କରି ଏହାର ମଜା ନେଇଥିଲେ ।

## ଭାରତ ଯୋଡ଼ ପାଇଁ କୋରାଇ କଂଗ୍ରେସର ପ୍ରସ୍ତୁତି

କୋରେଇ, (ପି.ଏନ): ଉଭୟ କେନ୍ଦ୍ର ଓ ରାଜ୍ୟ ସରକାରଙ୍କ ଜନ ବିରୋଧି ନିଷ୍ପତି ଯୋଗୁ ଆଜି ରାଜ୍ୟ ଜନସାଧାରଣ ଗୁରୁତର ଭାବରେ ପ୍ରଭାବିତ, ମୁଦ୍ରାସ୍ଫିତି, ନିତ୍ୟ ବ୍ୟବହାର୍ଯ୍ୟ ଦ୍ରବ୍ୟର ଅହେତୁକ ମୂଲ୍ୟବୃଦ୍ଧି, ଘୋର ବେକାରୀ ସମସ୍ୟା, ନାରୀ ନିର୍ଯାତନା, ବିପର୍ଯ୍ୟସ୍ତ ଆଇନ ଶୃଙ୍ଖଳା ପରିସ୍ଥିତ, ଅର୍ଥନୈତିକ ବିଷମତା, ଶିକ୍ଷା, ସ୍ୱାସ୍ଥ୍ୟ, ପରିମଳ ବ୍ୟବସ୍ଥା ସବୁକିଛି ଆଜି ଭୁଷୁଡ଼ି ପଡ଼ିଛି । ଓଡ଼ିଶାର କୃଷକର ଆୟ ଦେଶର ସର୍ବନିମ୍ନ ଅଟେ । ଧାନର ଅଭାବି ବିକ୍ରି, ଋଣ ଯନ୍ତା, ଫସଲହାନୀ, ଚାଷୀ ଆତ୍ମହତ୍ୟା ଏ ସମସ୍ତ ସମସ୍ୟା ଓଡ଼ିଶାକୁ କବଳିତ କରି ରଖିଛି । କଂଗ୍ରେସର ସଙ୍କଳ୍ପ ଏ ପରିସ୍ଥିତିର ଆଣିବ ପରିବର୍ତନ । ଜାତୀୟ କଂଗ୍ରେସ ପକ୍ଷରୁ ସାରା ଭାରତ ବର୍ଷରେ ଭାରତ ଯୋଡ଼ କାର୍ଯ୍ୟକ୍ରମ ଚାଲୁରହିଛି । ଏହିକ୍ରମରେ ଓଡ଼ିଶାରେ ପ୍ରଦେଶ କଂଗ୍ରେସ ପକ୍ଷରୁ ମଧ ଭାରତ ଯୋଡ଼ ପଦଯାତ୍ରା ଆରମ୍ଭ ହୋଇଛି । ଏହି ପଦଯାତ୍ରା ଆସନ୍ତା ୪ ତାରିଖ ଯାଜପୁର ଜିଲ୍ଲାରେ ପହଂଚିବ । ଛତିଆ ଠାରୁ ବିଭିନ୍ନ ସ୍ଥଳରେ ଏହି ପଦଯାତ୍ରାରେ ବହୁଳ ଭାବେ ଯୋଗଦାନ ସହିତ ସେମାନଙ୍କୁ ବିଭିନ୍ନ ସ୍ଥାନରେ ସ୍ୱାଗତ ସମ୍ବର୍ଦ୍ଧନା କରାଯିବ । ଏହି କ୍ରମରେ ପାଣିକୋଇଲି ଠାରେ ଆସନ୍ତା ୬ ତାରିଖ ପଦଯାତ୍ରାରେ ସାମିଲ ଓ ସ୍ୱାଗତ ସମ୍ବର୍ଦ୍ଧନା ପାଇଁ ଏକ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ୬ ତାରିଖ ପାଣିକୋଇଲି ଖେଳ ପଡ଼ିଆରେ ରାତ୍ରୀ ଯାପନ କରାଯିବା ସହ ସକାଳୁ ଭଦ୍ରକ ଅଭିମୁଖେ ଯାତ୍ରା ବାହାରିବ ।

## ବଲାଙ୍ଗିର ଠାରେ ଜିଲ୍ଲା ସ୍ତରୀୟ ବିଶ୍ୱ ଏଡସ ଦିବସ ପାଳିତ : ନିୟନ୍ତ୍ରଣ ପାଇଁ ଜନସଚେତନତା ଉପରେ ଗୁରୁତ୍ୱାରୋପ

ବଲାଙ୍ଗିର ,(ପି.ଏନ): ବଲାଙ୍ଗିର ଠାରେ ଜିଲ୍ଲା ସ୍ୱାସ୍ଥ୍ୟ ସମିତି ଓ ଜିଲ୍ଲା ଏଡସ ନିରାକରଣ ୟୁନିଟ,ଜିଲ୍ଲା ଆଇନ ସେବା ପ୍ରାଧିକରଣ ତଥା ଏଡସ ନିରାକରଣ କାର୍ଯକ୍ରମ ର ସହଯୋଗୀ ବେସରକାରୀ ସଂସ୍ଥା ସହଯୋଗରେ ଜିଲ୍ଲା ସ୍ତରୀୟ ବିଶ୍ୱ ଏଡସ ଦିବସ ପାଳିତ ହୋଇଯାଇଛି । ବିଶ୍ୱ ଏଡସ ଦିବସ ପାଳନ ଉପଲକ୍ଷେ ଭୀମ ଭୋଇ ମେଡିକାଲ କଲେଜ ଓ ହସ୍ପିଟାଲ ପରିସରରୁ ବାହାରିଥିବା ଏକ ସଚେତନତା ରାଲି କୁ ଜିଲ୍ଲାପାଳ ଚଂଚଳ ରାଣା ସବୁଜ ପତାକା ଦେଖାଇ ଶୁଭାରମ୍ଭ କରିଥିଲେ । ଏଏନଏମ ତାଲିମ କେନ୍ଦ୍ର ର ଛାତ୍ରୀ ଓ ବେସରକାରୀ ସଂଗଠନ ର କର୍ମକର୍ତ୍ତା ଙ୍କ ଦ୍ୱାରା ଅନୁଷ୍ଠିତ ଏହି ରାଲି ସହର ପରିକ୍ରମା କରି ସିଡିଏମଓ କାର୍ଯାଳୟ ପର୍ଯ୍ୟନ୍ତ ଆସିଥିଲା । ରାଲି ଶୁଭାରମ୍ଭ କାର୍ଯକ୍ରମ ରେ ଭୀମ ଭୋଇ ମେଡିକାଲ କଲେଜ ଓ ହସ୍ପିଟାଲ ର ମେଡିକାଲ ଅଧିକ୍ଷକ ଡ଼ ମାନସୀ ପଣ୍ଡା , ଭାରପ୍ରାପ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡ଼ କୁବେର ଚନ୍ଦ୍ର ମହନ୍ତ ପ୍ରମୁଖ ଉପସ୍ଥିତ ଥିଲେ । ପରେ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଙ୍କ କାର୍ଯାଳୟ ସମ୍ମିଳନୀ କକ୍ଷ ଠାରେ ଏକ ସଚେତନତା ସଭା ଅନୁଷ୍ଠିତ ହୋଇଥିଲା । ଭାରପ୍ରାପ୍ତ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଡ଼ କୁବେର ଚନ୍ଦ୍ର ମହନ୍ତ ଙ୍କ ଅଧକ୍ଷତା ରେ ଅନୁଷ୍ଠିତ ଏହି ସଭାରେ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ ଡ଼ ଦିବ୍ୟ କିଶୋର ପତି , ଜିଲ୍ଲା ଆଇନ ସେବା ପ୍ରାଧିକରଣ ର ସଚିବ ବିନୟ କୁମାର ପାତ୍ର , ସହକାରୀ ଜିଲ୍ଲା ଜନସ୍ୱାସ୍ଥ୍ୟ ଅଧିକାରୀ (ଟି ?ବି ) ଡ଼ ସିଦ୍ଧେଶ୍ୱର ମାଝୀ ପ୍ରମୁଖ ଅତିଥି ଭାବେ ଯୋଗଦେଇ ଏଚ ?ଆଇ ?ଭି / ଏଡସ ର ନିରାକରଣ ପାଇଁ ଜନସଚେତତା ଦ୍ୱାରା ହିଁ ଏହାକୁ ନିୟନ୍ତ୍ରଣ କରାଯାଇପାରିବ ବୋଲି ମତବ୍ୟକ୍ତ କରିଥିଲେ । ସରକାରୀ ,ବେସରକାରୀ ଓ ବିଭିନ୍ନ ସାମାଜିକ ସଂଗଠନ ପାରସ୍ପାରିକ ସହଯୋଗ ରକ୍ଷା କରି ଏଡସ ସଚେତନତା କାର୍ଯକ୍ରମ କୁ ଆହୁରି ବ୍ୟାପକ ଓ ଲୋକାଭିମୁଖୀ କରିବା ଦିଗରେ ଚେଷ୍ଟିତ ହେବା ନିମନ୍ତେ ଅତିଥି ମାନେ ମତବ୍ୟକ୍ତ କରିଥିଲେ । ସଚେତନତା ସଭାରେ ବିଶ୍ୱ ଏଡସ ଦିବସର ଶପଥ ପାଠ କାର୍ଯକ୍ରମ ଅନୁଷ୍ଠିତ ହୋଇଥିଲା । ଏଏନଏମ ତାଲିମ କେନ୍ଦ୍ର ର ଛାତ୍ରୀ ମାନେ ଏଡସ ସଚେତନତା ସମ୍ପର୍କିତ ଏକ କ୍ଷୁଦ୍ର ନାଟକ ପରିବେଷଣ କରିଥିଲେ ଏବଂ ସଭା ରେ ଏଡସ ସମ୍ପର୍କିତ କୁଇଜ କାର୍ଯକ୍ରମ ଅନୁଷ୍ଠିତ ହୋଇଥିଲା । ଜିଲ୍ଲା ଏଡସ ନିରାକରଣ ୟୁନିଟ ର ଜିଲ୍ଲା ପ୍ରୋଗ୍ରାମ ମେନେଜର ରାଜେନ୍ଦ୍ର କୁମାର ମହାରଣା ଜିଲ୍ଲାରେ ଏଡସ ନିୟନ୍ତ୍ରଣ ଓ ନିରାକରଣ ନିମନ୍ତେ ଗ୍ରହଣ କରାଯାଉଥିବା ପଦକ୍ଷେପ ,ସ୍ଥିତି ଏବଂ ଏଡସ ରୋଗୀ ମାନେ ପାଉଥିବା ବିଭିନ୍ନ ସରକାରୀ ସହାୟତା ସମ୍ପର୍କରେ ସୂଚନା ଦେବା ସହ ସଭା କାର୍ଯ୍ୟ ପରିଚାଳନା କରିଥିଲେ ଓ ଶେଷରେ ଧନ୍ୟବାଦ ଅର୍ପଣ କରିଥିଲେ । ଏହି ଦିବସ ପାଳନ ଉପଲକ୍ଷେ ଜିଲ୍ଲା ମୁଖ୍ୟ ଚିକିତ୍ସା ଓ ଜନସ୍ୱାସ୍ଥ୍ୟ ଅଧିକାରୀ ଙ୍କ କାର୍ଯାଳୟ ଠାରେ ଦସ୍ତଖତ ଅଭିଯାନ କାର୍ଯକ୍ରମ ଅନୁଷ୍ଠିତ ହୋଇଥିଲା ।

## ବିଧାନ ସଭା ସମ୍ମୁଖରେ କେନ୍ଦ୍ରାପଡା ଓ ଆଳି ବିଜେପି କର୍ମୀଙ୍କ ଧାରଣା

କେନ୍ଦ୍ରାପଡ଼ା, (ପି.ଏନ): ରାଜ୍ୟ ସରକାରଙ୍କ ତୃତୀୟ କୃଷକ ମାରଣ ନୀତି ବିରୋଧରେ ବିଜେପି ପକ୍ଷରୁ ବିଧାନ ସଭା ସମ୍ମୁଖରେ କରାଯାଉ ଥିବା ଧାରାବାହିତ ସତ୍ୟାଗ୍ରହରେ କେନ୍ଦ୍ରାପଡା ନିର୍ବାଚନ ମଣ୍ଡଳୀ ଓ ଆଳି ନିର୍ବାଚନ ମଣ୍ଡଳୀର କର୍ମୀମାନେ ସାମିଲ ହୋଇଛନ୍ତି । ଜିଲ୍ଲା ସଭାପତି କିଶୋର କୁମାର ପଣ୍ଡାଙ୍କ ନେତୃତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ରାଜ୍ୟ ସାଧାରଣ ସଂପାଦିକା ଡ଼ଃ ଲେଖାଶ୍ରୀ ସାମନ୍ତ ସିଂହାର, ଉପ ସଭାନେତ୍ରୀ ଅନିତା ପ୍ରିୟଦର୍ଶିନୀ, ଦୋଳ ଗୋବିନ୍ଦ ନାୟକ, ଦିଲିପ ମଲିକ, ମହେଶ୍ୱର ମହାନ୍ତି, କୃଷ୍ଣଚନ୍ଦ୍ର ପଣ୍ଡା, ଅଭିମନ୍ୟୁ ଗୋଛାୟତ, ସୁନାକାର ବେହେରା, ବ୍ରଜ ସୁନ୍ଦର ଭୂୟାଁ, ପ୍ରିୟଦର୍ଶିନୀ ନନ୍ଦ, ଲଲାଟ କେଶରୀ ସାମଲ ପ୍ରମୁଖ କାର୍ଯ୍ୟକ୍ରମରେ ଅଂଶ ଗ୍ରହଣ କରିଥିଲେ ।

## ପୁରୀ ଜିଲ୍ଲାକୁ ଏଡସ୍ ମୁକ୍ତ କରିବାକୁ ଶପଥ

ପୁରୀ,(ପି.ଏନ): ପୁରୀ ଜିଲ୍ଲାକୁ ଏଡସ୍ ମୁକ୍ତ କରିବାକୁ ଶପଥ ହୋଇଛି । ଜିଲ୍ଲା ପ୍ରଶାସନ, ଶ୍ରୀଜଗନ୍ନାଥ ମେଡିକାଲ କଲେଜ , ପୁରୀ ସଦର ମୁଖ୍ୟ ଚିକିତ୍ସାଳୟ ର ମିଳିତ ସହଯୋଗରେ ବାଲିଗୁଆଳିସ୍ଥ ମେଡିକାଲ କଲେଜ ର ସମ୍ମିଳନୀ କକ୍ଷରେ ଏହି ବିଶ୍ୱ ଏଡସ୍ ଦିବସ ପାଳନ ଉତ୍ସବ କୁ କଲେଜ ର ଡିନ୍ ତଥା ଅଧକ୍ଷା ପ୍ରଫେସର ମାୟା ପାଢ଼ୀ,ସୁପରିଟେଣ୍ଡେଣ୍ଟ ପ୍ରଫେସର କୌଶିକ ମିଶ୍ର ଓ ଜିଲ୍ଲା ମୁଖ୍ୟ ଚିକିତ୍ସାଧିକାରୀ ଡାକ୍ତର ସୁଜାତା ମିଶ୍ର ମିଳିତଭାବେ ଉଦଘାଟନ କରିଛନ୍ତି ।ଏକ ଶୃଙ୍ଖଳିତ ଯୌନ ଜୀବନ, ପବିତ୍ର ଜୀବନ ଶୈଳୀ ଓ ପୃଷ୍ଟିକର ଖାଦ୍ୟ-ପେୟ ସହ ସମଲିଙ୍ଗ ଯୌନ ସଂପର୍କ,ଲିଭିଙ୍ଗ ଟୁଗେଦର ଜନିତ ବିପଦ ବିଶେଷକରି ଏଡ଼ସ ର ଭୟାବହତା ଉପରେ ସମସ୍ତେ ସତର୍କ ରହିବାକୁ ଅତିଥିମାନେ ସମବେତ ଶ୍ରୋତା-ଦର୍ଶକଙ୍କୁ ସଂକଳ୍ପ କରାଇଥିଲେ । ଏହି ଉତ୍ସବରେ ଡାକ୍ତର ଲଲାଟେନ୍ଦୁ ମିଶ୍ର, ଡାକ୍ତର ପ୍ରଣବ ରଞ୍ଜନ ଦାଶ, ଜିଲ୍ଲା ସୂଚନା ଓ ଲୋକସମ୍ପର୍କ ଅଧିକାରୀ ସନ୍ତୋଷ କୁମାର ସେଠୀ, ସାମାଜିକ କର୍ମୀ ତଥା କଥାକାର ବଦ୍ରି ମିଶ୍ର, ଡାକ୍ତର ଲଲାଟେନ୍ଦୁ ସ୍ୱାଇଁ.,ଡାକ୍ତର ଗିରିଜା ଶଙ୍କର ରଥ,ପ୍ରଶାସିକା ଇନ୍ଦ୍ରାଣୀ ସାହୁ, ଡାକ୍ତର ନରହରି ମିଶ୍ର ଅତିଥି ଭାବେ ଯୋଗଦେଇ ରୋଗ ପ୍ରତିରୋଧକ ଶକ୍ତି ବୃଦ୍ଧି ସହ ଏଡସ୍ ସଂକ୍ରମଣ କାରଣ କୁ ପ୍ରତିଟି ନାଗରିକଙ୍କୁ ଜଣାଇ ସତର୍କ ରଖିବାକୁ ମତବ୍ୟକ୍ତ କରିଥିଲେ ।

## ପୁରୀରେ ହସ୍ତତନ୍ତ ଓ ହସ୍ତଶିଳ୍ପ ମେଳା ଉଦଘାଟିତ

ପୁରୀ,(ପି.ଏନ): ରାଜ୍ୟ ସରକାରଙ୍କ ହସ୍ତତନ୍ତ ଓ ହସ୍ତଶିଳ୍ପ ବିଭାଗ ଦ୍ୱାରା ଅନୁମୋଦିତ ବାର୍ଷିକ ତାଲିକା ଆଧାରରେ ଚଳିତ ବର୍ଷ ସମ୍ବଲପୁରୀ ବସ୍ତ୍ରାଳୟ ପକ୍ଷରୁ ଏକ ହସ୍ତତନ୍ତ ଓ ହସ୍ତଶିଳ୍ପ ମେଳା ଆଜି ଅପରାହ୍ନ ରେ ପୁରୀ ସ୍ଥିତ ନୀଳାଚଳ ହାଟ ଠାରେ ଆୟୋଜିତ ହୋଇଯାଇଛି । ରାଜ୍ୟର ବିଭିନ୍ନ ଜିଲ୍ଲା ର ମହିଳା ସ୍ୱୟଂ ସହାୟକ ଗୋଷ୍ଠୀର ବୁଣାକାର,କାରିଗର ମାନଙ୍କ ଦ୍ୱାରା ପ୍ରସ୍ତୁତ ଲୁଗା ର ବିକ୍ରୟ ବୃଦ୍ଧି କରି ବୁଣାକାର ଙ୍କୁ ନିୟମିତ କାମ ଯୋଗାଇ ଦେବା ପାଇଁ ରାଜ୍ୟ ସରକାରଙ୍କ ପୋହି ୨୦୨୨-୨୩ ଯୋଜନା ରେ ଏହା ଅନୁଷ୍ଠିତ ହୋଇଅଛି ।ଏହି ମେଳାକୁ ଅତିରିକ୍ତ ଜିଲ୍ଲାପାଳ ପ୍ରଶାସନ ପ୍ରଦୀପ କୁମାର ସାହୁ ଉଦଘାଟନ କରିଥିଲେ ।ଅନ୍ୟ ମାନଙ୍କ ମଧ୍ୟରେ ସମ୍ବଲପୁରୀ ବସ୍ତ୍ରାଳୟର ପରିଚାଳନା ନିର୍ଦ୍ଦେଶକ ଶିଶିର କୁମାର ନାଗ, ସହକାରୀ ନିର୍ଦ୍ଦେଶକ ଶ୍ରୀକାନ୍ତ ଶ୍ରୀଚନ୍ଦନ,ବାଣିଜ୍ୟ ଅଧିକାରୀ ହେମନ୍ତ କୁମାର ମିଶ୍ର ପ୍ରମୁଖ ଉପସ୍ଥିତ ଥିଲେ ।ଏଥିରେ ସମ୍ବଲପୁରୀ ବସ୍ତ୍ରାଳୟ ସହ ବରଗଡ଼ ,କଟକ, ସୋନପୁର, ଆଠଗଡ, ବାରିପଦା, ନୟାଗଡ଼ ଓ ବୌଦ୍ଧ ବୟନ ମଣ୍ଡଳ ମାନଙ୍କ ରୁ ୧୫ ଗୋଟି ମହିଳା ସ୍ୱୟଂ ସହାୟକ ଗୋଷ୍ଠୀ ର ବୁଣାକାର ସେମାନଙ୍କ ବସ୍ତ୍ର ର ପ୍ରଦର୍ଶନ ଓ ବିକ୍ରୟ ପାଇଁ ଯୋଗଦାନ କରିଛନ୍ତି ।ସେହିପରି ୧୮ ଜଣ ହସ୍ତଶିଳ୍ପ କାରିଗର ଯୋଗ ଦେଇଛନ୍ତି ।ଏହି ମେଳା ଚଳିତ ମାସ ୩୧ ତାରିଖ ପର୍ଯ୍ୟନ୍ତ ଚାଲିବ ।

## ଦିବ୍ୟାଙ୍ଗଙ୍କୁ ସ୍ୱାବଲମ୍ବୀ କରାଇବାରେ ପୁରୀ ଆଗୁଆ : ରାଜ୍ୟ ପୁରସ୍କାର ପାଇଁ ମନୋନୀତ

ପୁରୀ,(ପି.ଏନ): ଦିବ୍ୟାଙ୍ଗମାନଙ୍କ ପାଇଁ ବିଭିନ୍ନ ପ୍ରକାର ଯୋଜନା କାର୍ଯ୍ୟକାରୀ କରିଛି ପୁରୀ ଜିଲ୍ଲା ପ୍ରଶାସନ । ଜିଲ୍ଲାର ଭିନ୍ନକ୍ଷମମାନେ କିପରି ଆତ୍ମନିର୍ଭରଶୀଳ ହେବେ ସେଥିଲାଗି ଉଦ୍ୟମ ଜାରି ରହିଛି । ଅନେକ ସ୍ୱାବଲମ୍ବୀ ହୋଇ ନିଜ ପରିବାର ମୁହଁରେ ଖୁସି ବାଂଟି ପାରୁଛନ୍ତି । ଜିଲ୍ଲା ପ୍ରଶାସନର ଏଭଳି ମହତ କାର୍ଯ୍ୟକୁ ରାଜ୍ୟରେ ମିଳିଛି ସଫଳତା । ଫଳସ୍ୱରୂପ ଭିନ୍ନକ୍ଷମ ଦିବସ ଅବସରରେ ଭୁବନେଶ୍ୱରରେ ଅନୁଷ୍ଠିତ ହେବାକୁ ଥିବା ରାଜ୍ୟସ୍ତରୀୟ ଉତ୍ସବରେ ପୁରୀ ଜିଲ୍ଲା ପୁରସ୍କୃତ ହେବ 'ବେଷ୍ଟ ଏମ୍ପ୍ଲୋର ୨୦୨୨' ବିଭାଗରେ । ଏଥିପାଇଁ ସରକାରଙ୍କ ପକ୍ଷରୁ ଜିଲ୍ଲାପାଳଙ୍କୁ ନିମନ୍ତ୍ରଣ କରାଯାଇଛି ।ଦିବ୍ୟାଙ୍ଗମାନଙ୍କ ଜୀବନ ଜୀବିକା ସଜାଡ଼ିବା ପାଇଁ ଜିଲ୍ଲା ପ୍ରଶାସନ ଫୁଲ ଯୋଜନା କାର୍ଯ୍ୟକାରୀ କରିଛି । ଏହା ମାଧ୍ୟମରେ ପ୍ରାଥମିକ ପର୍ଯ୍ୟାୟରେ ଜିଲ୍ଲାର ୧,୦୦୦ ଦିବ୍ୟାଙ୍ଗଙ୍କୁ ତାଲିମ ଦିଆଯିବା ସହ ଷ୍ଟେଟ ବ୍ୟାଙ୍କ୍ ମାଧ୍ୟମରେ ପ୍ରାୟ ୩ କୋଟି ଟଙ୍କା ପ୍ରଦାନ କରାଯାଇଛି । ଜିଲ୍ଲା ପ୍ରଶାସନର '୫-ଟି' ସେଲ୍ ରେ ୬ ଜଣ ଦିବ୍ୟାଙ୍ଗ ମହିଳାଙ୍କୁ ନିଯୁକ୍ତି ଦିଆଯାଇଛି । ଓଡ଼ିଶାର ପ୍ରଥମ କରି ଦିବ୍ୟାଙ୍ଗମାନଙ୍କ ଦ୍ୱାରା ପରିଚାଳିତ କଲେକ୍ଟରେଟ୍ କ୍ୟାଂଟିନ 'ଚଟଣି' ମଧ୍ୟ ଖୋଲାଯାଇଛି । ଏଥିରେ ପ୍ରାୟ ୭ରୁ ଅଧିକ ଦିବ୍ୟାଙ୍ଗ ନିଯୁକ୍ତ ହୋଇପାରିଛନ୍ତି । ସ୍ୱର୍ଗଦ୍ୱାରରେ ସେବା ଯୋଗାଇଦେବା ପାଇଁ ମଧ୍ୟ ୨ ଜଣ ଦିବ୍ୟାଙ୍ଗ ନିୟୋଜିତ ହୋଇଛନ୍ତି । ଦିବ୍ୟାଙ୍ଗମାନଙ୍କୁ ନେଇ ଗଠିତ ଜିଲ୍ଲାର ୨୩ଟି ସ୍ୱୟଂ ସହାୟକ ଗୋଷ୍ଠୀକୁ ସ୍ୱାବଲମ୍ବୀ ହେବା ପାଇଁ ଜିଲ୍ଲା ପ୍ରଶାସନ ପକ୍ଷରୁ ୧୧ ଲକ୍ଷ ୫୦ ହଜାର ଟଙ୍କା ଆର୍ଥିକ ସହାୟତା ରାଶି ପ୍ରଦାନ କରାଯାଇଛି ।ଏହି ପ୍ରକଳ୍ପର ପରାମର୍ଶଦାତା ସିଦ୍ଧାର୍ଥ ରାୟ କହିଛନ୍ତି ଯେ, ରାଜ୍ୟ ସରକାରଙ୍କ ପକ୍ଷରୁ ପୁରସ୍କାର ପାଇଁ ଜିଲ୍ଲାକୁ ଚୟନ କରାଯାଇଥିବା ନିଶ୍ଚିତ ଆମ ପାଇଁ ଗୌରବର କଥା । ଦିବ୍ୟାଙ୍ଗମାନଙ୍କ ଲାଗି ଆଗକୁ ଆହୁରି ଭଲ କାମ କରିବା ଲାଗି ଏହି ପୁରସ୍କାର ପ୍ରେରଣା ଦେବ । ଜିଲ୍ଲା ସାମାଜିକ ସୁରକ୍ଷା ଅଧିକାରୀ ଶୁଭ୍ରାଂଶୁ ଶେଖର ମହାରଣା କହିଛନ୍ତି, ଦିବ୍ୟାଙ୍ଗମାନେ କିପରି ଆତ୍ମନିର୍ଭରଶୀଳ ହୋଇପାରିବେ ସେଥିଲାଗି ବିଭାଗ ପକ୍ଷରୁ ଉଦ୍ୟମ ଜାରି ରହିଛି । ଦିବ୍ୟାଙ୍ଗଙ୍କ ସର୍ବାଙ୍ଗୀନ ଉନ୍ନତି ପାଇଁ ଆଗକୁ ଆହୁରି ଏକାଧିକ ଯୋଜନା କାର୍ଯ୍ୟକାରୀ କରାଯିବ ।

## ଏମଭି ୭୯ ଡ଼ଃ ଶ୍ୟାମପ୍ରସାଦ ଡିଗ୍ରୀ କଲେଜରେ ବିଶ୍ୱ ଏଡସ ଦିବସ ପାଳିତ

ମାଲକାନଗିରି,(ପି.ଏନ): ମାଲକାନଗିରି ଜିଲ୍ଲା କାଲିମେଳା ବ୍ଲକ ଅନ୍ତର୍ଗତ ତାଣ୍ଡବାଇ ପଂଚାୟତ ଏମଭି ୭୯ ରେ ଥିବା ଡଃ. ଶ୍ୟାମପ୍ରସାଦ ଡିଗ୍ରୀ କଲେଜରେ ଜାତୀୟ ସେବା ଯୋଜନା ଓ ଯୁବ ରେଡ଼କ୍ରସ ତରଫରୁ ଆଜି ବିଶ୍ୱ ଏଡସ ଦିବସ ପାଳିତ ହୋଇଯାଇଛି । ଏହି କାର୍ଯ୍ୟକ୍ରମରେ କଲେଜ ର ଅଧକ୍ଷା ଶ୍ରୀମତୀ ପ୍ରବାସିନୀ ମହାପାତ୍ର ସଭାପତିତ୍ୱ କରିଥିଲେ । ଏମଭି ୭୯ ମେଡ଼ିକାଲ ର ମେଡ଼ିକାଲ ଅଫିସର ଡା. ପ୍ରସନଜିତ ରାୟ ମୁଖ୍ୟ ଅତିଥି ଭାବରେ ଯୋଗ ଦେଇଥିଲେ । ମୁଖ୍ୟ ଅତିଥି ଡ଼ଃ. ରାୟ ତାଙ୍କ ଅଭିଭାଷଣରେ ଛାତ୍ରଛାତ୍ରୀ ମାନଙ୍କୁ କହିଥିଲେ ଯେ, ଏଡସ ରୋଗ ଏକ ଆଛୁଆଁ ରୋଗ ନୁହେଁ, ଏହାର ନିରାକରଣ ଓ ପ୍ରତିକାର ଉପରେ ବକ୍ତବ୍ୟ ପ୍ରଦାନ କରିଥିଲେ । ଅଧକ୍ଷା ଶ୍ରୀମତୀ ମହାପାତ୍ର ତାଙ୍କ ଭାଷଣରେ କହିଥିଲେ, ଏହା ଏକ ସାମାଜିକ ବ୍ୟାଧି ହେଲେ ମଧ୍ୟ ଯଦି ଜଣେ ଏଡସ ରୋଗୀ ମାନସିକ ସ୍ତରରେ ଦୁର୍ବଳ ନହୋଇ ସକରାତ୍ମକ ଚିନ୍ତାଧାରା ରଖିବେ ଏବଂ ଠିକ ସମୟରେ ଚିକିତ୍ସା କଲେ ରୋଗୀଟିଏ ମୃତ୍ୟୁ ମୁଖରେ ପଡିବ ନାହିଁ ଓ ଆରୋଗ୍ୟ ଲାଭ କରିପାରିବ । ଏଥିରେ କଲେଜ ର ଇତିହାସ ବିଭାଗର ଅଧ୍ୟାପକ ତାରିଣୀ ଚରଣ ମହାନ୍ତି, ଶିକ୍ଷା ବିଭାଗର ଅଧ୍ୟାପକ ଶ୍ରୀମନ୍ତ ମହାପାତ୍ର, ଏଡସ ଉପରେ ଛାତ୍ର ଛାତ୍ରୀ ମାନଙ୍କୁ ସଚେତନ କରିଥିଲେ ।ଏହି କାର୍ଯ୍ୟକ୍ରମରେ ପି.ଇ.ଟି ଅମିୟ ସରକାର, କିରାଣୀ ପ୍ରଦୀପ ପ୍ରଧାନ , ବ୍ରଜେନ ମିର୍ଧା, ସିବୁ ଦତ ସମେତ କଲେଜ ର ସମସ୍ତ ଛାତ୍ରଛାତ୍ରୀ ଉପସ୍ଥିତ ଥିଲେ । ଶେଷରେ ଶିକ୍ଷା ବିଭାଗର ଡେମୋନଷ୍ଟ୍ରେର ଲକ୍ଷ୍ମୀ ପ୍ରସାଦ ବାରିକ ତାଙ୍କ ଅଭିଭାଷଣ ପରେ ଧନ୍ୟବାଦ ଅର୍ପଣ କରିଥିଲେ ।କାର୍ଯ୍ୟକ୍ରମ ଶେଷରେ କଲେଜ ର ସମସ୍ତ ଛାତ୍ର ଛାତ୍ରୀଙ୍କ ସମେତ କଲେଜ ର ଅଧକ୍ଷା ଓ ସମସ୍ତ କର୍ମଚାରୀ ମିଶି ଏକ ଶୋଭାଯାତ୍ରାରେ ସହର ପରିକ୍ରମା କରି ଲୋକଙ୍କୁ ଏଡ଼ସ ରୋଗ ସମ୍ପର୍କରେ ସଚେତନ କରିଥିଲେ ।

## ସୁବର୍ଣ୍ଣପୁର ଜିଲ୍ଲାସ୍ତରୀୟ ବିଶ୍ୱ ଏଡ଼ସ ଦିବସ ପାଳିତ

ସୁବର୍ଣ୍ଣପୁର,(ପି.ଏନ): ସୁବର୍ଣ୍ଣପୁରରେ ଜିଲ୍ଲା ସ୍ତରୀୟ ବିଶ୍ୱ ଏଡ଼ସ ଦିବସ ପାଳିତ ହୋଇଯାଇଛି । ଜିଲ୍ଲା ସ୍ୱାସ୍ଥ୍ୟ ବିଭାଗ ଓ ଜିଲ୍ଲା ଆଇନ ସେବା ପ୍ରାଧିକରଣ ତରଫରୁ ମିଳିତ ଭାବରେ ଜିଲ୍ଲା ସଂସ୍କୃତି ଭବନ ଠାରେ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡ଼ଃ. ବିଶ୍ୱରଂଜନ ପତିଙ୍କ ଅଧ୍ୟକ୍ଷତାରେ ଆୟୋଜିତ ଏହି ଜିଲ୍ଲାସ୍ତରୀୟ ସମାରୋହରେ ମୁଖ୍ୟ ଅତିଥିଭାବେ ଶ୍ରୀମତୀ କୁମୁଦିନୀ ମୁଦୁଲି, ସମ୍ପାଦକ, ଜିଲ୍ଲା ଆଇନ ସେବା ପ୍ରାଧିକରଣ ସୁବର୍ଣ୍ଣପୁର ଏବଂ ସମ୍ମାନିତ ଅତିଥିଭାବେ ଡ଼ଃ. ଦୈତ୍ୟ ନାରାୟଣ ପାଢ଼ୀ, ଏଡିଏମଓ -ପରିବାର କଲ୍ୟାଣ, ଡ଼ଃ. ମନୋଜ ଅଦାବର, ଜନସ୍ୱାସ୍ଥ୍ୟ ଅଧିକାରୀ, ଡ଼ଃ ରମେଶ ଚନ୍ଦ୍ର ସ୍ୱାଇଁ, ଏ ଡି ପି ଏଚ ଓ (ରୋଗ ନିୟନ୍ତ୍ରଣ ), ବିଶ୍ୱମ୍ବର ବେହେରା, ଜିଲ୍ଲା କାର୍ଯ୍ୟକ୍ରମ ପରିଚାଳକ, ଜାତୀୟ ସ୍ୱାସ୍ଥ୍ୟ ମିଶନ, ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ ଅଶ୍ୱିନୀ କୁମାର ଭୋଇ ପ୍ରମୁଖ ମଂଚାସୀନ ଥିଲେ । 'ରୋଗୀକୁ ନୁହେଁ ରୋଗକୁ ଘୃଣା କରିବା' ମାନସିକ, ଶାରୀରିକ, ସାମାଜିକ, ଆଧ୍ୟାତ୍ମିକ ଓ ମନୋବୈଜ୍ଞାନିକ ଅବସ୍ଥାକୁ ବିଚାର କରି ସଂଯମତା ଅବଲମ୍ବନ ପୂର୍ବକ ସଂକଳ୍ପ ନେଇ କାର୍ଯ୍ୟ କରିବା ଉପରେ ଗୁରୁତ୍ୱାରୋପ କରିଛନ୍ତି ଅତିଥି ବୃନ୍ଦ । ଆମେ ସମସ୍ତେ ନୈତିକତାର ସହ ସମଭାବପନ୍ନ ଚିନ୍ତା ପୋଷଣ ପୂର୍ବକ କାର୍ଯ୍ୟ କଲେ ଏହି ରୋଗକୁ ସମାଜରୁ ହ୍ରାସ କରିବା ସହ ଜଣେ ରୋଗୀ ସମାଜରେ ନିଃସଙ୍କୋଚରେ ବଂଚିବାକୁ ଆଗ୍ରହ ପ୍ରକାଶ କରିପାରିବ ।ସଭା ପ୍ରାରମ୍ଭରେ ଦିବସ ପରିପ୍ରେକ୍ଷୀରେ ଜିଲ୍ଲା ମୁଖ୍ୟ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡ଼ଃ. ବିଶ୍ୱରଂଜନ ପତି ଉପସ୍ଥିତ ସମସ୍ତଙ୍କୁ ଏଡ଼ସ ବିରୁଦ୍ଧରେ ସାମୁହିକ ସଂଗ୍ରାମ କରିବାକୁ ଶପଥ ପାଠ କରାଇ ଥିଲେ । ଏଡ଼ସ ଦିବସ ପାଳନ ଅବସରରେ ଅନୁଷ୍ଠିତ ସାଧାରଣ ଜ୍ଞାନ ପ୍ରତିଯୋଗିତାର କୃତୀ ଛାତ୍ର ଛାତ୍ରୀଙ୍କୁ ଅତିଥି ମାନେ ପ୍ରମାଣ ପତ୍ର ଓ ଟ୍ରଫି ପ୍ରଦାନ କରି ସମ୍ବର୍ଦ୍ଧିତ କରିଥିଲେ । କାର୍ଯ୍ୟକ୍ରମରେ ଅଂଶଗ୍ରହଣ କରିଥିବା ସୋନପୁର ମହାବିଦ୍ୟାଳୟ, ବିଜୁ ପଟ୍ଟନାୟକ ମହିଳା ମହାବିଦ୍ୟାଳୟ, ସରକାରୀ ନର୍ସିଙ୍ଗ ସ୍କୁଲ, ବିଜୁପଟ୍ଟନାୟକ ନର୍ସିଙ୍ଗ ସ୍କୁଲ, ସୋନପୁର ନର୍ସିଙ୍ଗ ସ୍କୁଲ, ସୋନପୁର କଲେଜ ଅଫ ନର୍ସିଙ୍ଗକୁ ମଧ୍ୟ ଅଂଶ ଗ୍ରହଣ ପ୍ରମାଣ ପତ୍ର ପ୍ରଦାନ କରାଯାଇଥିଲା । କ୍ଷୀରୋଦ ବିହାରୀ ପଣ୍ଡା, ସି ସି ଟୀ ସଭା ସଂଯୋଜନା କରିଥିବା ବେଳେ ଗୀତାଞ୍ଜଳି ମେହେର, ସହ ପରିଚାଳିକା, ଅଣସଂକ୍ରମକ ରୋଗ ଧନ୍ୟବାଦ ଅର୍ପଣ କରିଥିଲେ । ସଭା ଶେଷରେ ଅଂଶଗ୍ରହଣ କରିଥିବା ମହାବିଦ୍ୟାଳୟ ଓ ନର୍ସିଙ୍ଗ ସ୍କୁଲ ର ଛାତ୍ର ଛାତ୍ରୀଙ୍କ ଦ୍ୱାରା ସଚେତନତାମୂଳକ ବିଭିନ୍ନ ମନଛୁଆଁ ସାଂସ୍କୃତିକ ବିଚିତ୍ରା କାର୍ଯ୍ୟକ୍ରମ ପ୍ରଦର୍ଶନ କରାଯାଇଥିଲା । ଦିବସ ପରିପ୍ରେକ୍ଷୀରେ ଆଜି ସକାଳେ ଜିଲ୍ଲା ମୁଖ୍ୟ ଚିକିତ୍ସାଳୟ ପରିସରରୁ ଏଡ଼ସ ସଚେତନତା ନିମନ୍ତେ ଆୟୋଜିତ ଏକ ଶୋଭାଯାତ୍ରାକୁ ଜିଲ୍ଲା ମୁଖ୍ୟ ଚିକିତ୍ସା ଅଧିକାରୀ ଡ଼ଃ. ପତି ଓ ସମ୍ପାଦକ ଜିଲ୍ଲା ଆଇନ ସେବା ପ୍ରାଧିକରଣ ଶ୍ରୀମତୀ ମୁଦୁଲି ସବୁଜ ପତାକା ପ୍ରଦର୍ଶନ କରି ଶୁଭାରମ୍ଭ କରିଥିଲେ ।ଜିଲ୍ଲା ସମନ୍ୱିତ ପରାମର୍ଶଦାତା ତଥା ଜିଲ୍ଲା ପରିଦର୍ଶକ ସୁଦାମ ପଧାନଙ୍କ ତତ୍ତ୍ୱାବଧାନରେ ଅନୁଷ୍ଠିତ ଦିବସର ବିଭିନ୍ନ କାର୍ଯ୍ୟକ୍ରମରେ ସ୍ୱାସ୍ଥ୍ୟ ବିଭାଗର ପ୍ରଦ୍ୟୁମ୍ନ ସାହୁ, ପ୍ରମୋଦ କୁମାର ସାହୁ ତଥା ଡି ଏଲ ଏସ ଏ ର କର୍ମକର୍ତା ଓ ସ୍ୱାସ୍ଥ୍ୟବିଭାଗର କର୍ମକର୍ତା, ବିଭିନ୍ନ ଗଣମାଧ୍ୟମର ଜିଲ୍ଲା ପ୍ରତିନିଧି ପ୍ରମୁଖ ଉପସ୍ଥିତ ରହିଥିଲେ ।




2021-2022

ADMISSION OPEN

Maharishi Public School, Baripada

STD-NURSERY TO VIII

ENROLL YOUR CHILD TODAY

(Special discount for new admission before 15.03.2021)

Find the Difference
- Small Classes
- Experienced, trained & loving teachers.
- Individual attention to each child.
- Regular meditation and yoga.
- Unique exam system, evaluation & Principles etc.

25% reservition as per RTE Act (2009)

MAHARISHI PUBLIC SCHOOL
Baghra Road, Baripada
For details
Contact :
Call-9438102188, 06792-255227
Time : 8.00 A.M. to 12.00 noon
E-mail- mps.bpd@gmail.com
Find us on Facebook.com/Mps, Baripada




Bhubaneswar Saturday December 03, 2022 ଭୁବନେଶ୍ୱର ଶନିବାର, ଡିସେମ୍ବର ୦୩,୨୦୨୨ Daily Edition : R.N.I.No: ODIODI /1999/00717 Postal Regd. No: BN/57/18-20 www.paryabekhyak.com ୮


# ପାରାଦୀପ ବନ୍ଦର ଚିକିତ୍ସାଳୟ ପକ୍ଷରୁ ବିଶ୍ୱ ଏଡସ୍ ଦିବସ ପାଳିତ




ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର ଚିକିତ୍ସାଳୟ ପକ୍ଷରୁ ଗୁରୁବାର ଦିନ ବିଶ୍ୱ ଏଡସ୍ ଦିବସ ପାଳିତ ହୋଇଯାଇଛି । ଏହି ଅବସରରେ ବନ୍ଦର ଚିକିତ୍ସାଳୟ ଠାରେ ଏକ ସଚେତନତା ଶୋଭାଯାତ୍ରାର ସୁଭାରମ୍ଭ କରିଥିଲେ ପାରାଦୀପ ଲେଡିଜ କ୍ଲବର ଉପସଭାନେତ୍ରୀ ସୁଚିସ୍ମିତା ବୋଷ । ଏହି ଶୋଭାଯାତ୍ରାରେ ବନ୍ଦର ଚିକିତ୍ସାଳୟର ମୁଖ୍ୟ ଚିକିତ୍ସାଧିକାରୀ ଡା. ପ୍ରହଲ୍ଲାଦ ଚନ୍ଦ୍ର ପଣ୍ଡା ଙ୍କ ସମେତ ଚିକିତ୍ସକ, ସ୍ୱାସ୍ଥ୍ୟ କର୍ମଚାରୀ ଓ ସହଯୋଗି, ପାରାଦୀପ ସାକ୍ଷରତା ସମିତିର ସ୍ୱେଚ୍ଛାସେବୀ, ସିଆଇଏସଏଫ ଜବାନ, ବିଭିନ୍ନ ଏନଜିଓ ସଦସ୍ୟ ପ୍ରମୁଖ ସାମିଲ ହୋଇଥିଲେ । ଏଡସ୍ ସଚେତନତା କାର୍ଯ୍ୟରେ ସାମିଲ ଥିବା ସଂଗଠନ ଆଇଆରଡିଏମ୍ଏସ, ସିଏଏସଡି ଏହି କାର୍ଯ୍ୟକ୍ରମରେ ସହଯୋଗ କରିଥିଲେ । ଏହି ଅବସରରେ ବନ୍ଦରର ତିନି ନମ୍ବର ଫାଟକ ନିକଟରେ ୧୦୫ ଜଣ ଟ୍ରକ ଚାଳକ ମାନଙ୍କର ରକ୍ତ ପରିକ୍ଷଣ କରାଯାଇଥିଲା । ତେବେ କୌଣସିଙ୍କ ଠାରେ ଏଡସ୍ ରୋଗ ଚିହ୍ନଟ ହୋଇ ନଥିଲା । ଏହି ପରିକ୍ଷଣରେ ଓସାକ୍ ଓ ବନ୍ଦର ଚିକିତ୍ସାଳୟ ସମସ୍ତ ଆବଶ୍ୟକୀୟ ସହଯୋଗ କରିଥିଲେ ।

## ସାମ୍ବାଦିକଙ୍କୁ ଆକ୍ରମଣ ଘଟଣାରେ ଏସ୍.ୟୁ.ଜେ.ର ପ୍ରତିବାଦ

ପାରାଦୀପ,(ପି.ଏନ):ଚଳିତ ପଦମପୁର ଉପନିର୍ବାଚନରେ ଖବର ସଂଗ୍ରହ ବେଳେ ଗଣମାଧ୍ୟମ ପ୍ରତିନିଧି ଦେବହରି ବେହେରାଙ୍କ ଉପରେ ହୋଇଥିବା ଆକ୍ରମଣକୁ ଷ୍ଟେଟ୍ ୟୁନିୟନ ଅଫ ଜର୍ଣ୍ଣାଲିଷ୍ଟ(ଏସ୍.ୟୁ.ଜେ.)ତୀବ୍ର ବିରୋଧ କରିଛି । ଖବର ସଂଗ୍ରହ ବେଳେ କାର୍ଯ୍ୟରତ ସାମ୍ବାଦିକ ଶ୍ରୀ ବେହେରାଙ୍କ ଉପରେ ହୋଇଥିବା ଆକ୍ରମଣରେ ସଂପୃକ୍ତ ଅଭିଯୁକ୍ତଙ୍କ ବିରୁଦ୍ଧରେ ଦୃଢ କାର୍ଯ୍ୟାନୁଷ୍ଠାନ ଦାବୀ କରିଛି ଏସ୍.ୟୁ.ଜେ.। ଶୁକ୍ରବାର ଦିନ ଏସ୍.ୟୁ.ଜେ.ର ଜଗତସିଂହପୁର ଜିଲ୍ଲା ସଭାପତି ରତ୍ନାକର ସ୍ୱାଇଁ, କାର୍ଯ୍ୟକାରୀ ସଭାପତି ଦୀପକ ବେହେରା,ସଂପାଦକ ସୁଧାଂଶୁ ନାୟକ,ସହ ସମ୍ପାଦକ ଜଗନ୍ନାଥ ଶତପଥି,ଯୁଗ୍ମ ସଂପାଦକ ଦିପ୍ତି ରଂଜନ ଦାଶ,କୋଷାଧକ୍ଷ ସନ୍ତୋଷ ଭାରତୀଙ୍କ ନେତୃତ୍ୱରେ କାର୍ଯ୍ୟରତ ସାମ୍ବାଦିକମାନେ ରାଜ୍ୟ ପୋଲିସ୍ ମହାନିର୍ଦ୍ଦେଶକଙ୍କ ଉଦ୍ଦେଶ୍ୟରେ ଏକ ଦାବୀପତ୍ର ପାରାଦୀପର ଅତିରିକ୍ତ ଆରକ୍ଷୀ ଅଧିକ୍ଷକ ନିମାଇଁ ଚରଣ ସେଠୀଙ୍କୁ ପ୍ରଦାନ କରିଥିଲେ ।

## ଅଧକ୍ଷା ସପକ୍ଷରେ ଧାରଣାରେ ବସିଲେ ଅଭିଭାବକ

କେନ୍ଦୁଝର,(ପି.ଏନ): କେନ୍ଦୁଝରସ୍ଥିତ ଡିଏଭି ପବ୍ଲିକ ପବ୍ଲିକ ସ୍କୁଲ ରେ ଅଧକ୍ଷା ଙ୍କୁ ନେଇ ବିବାଦୀୟ ପରିସ୍ଥିତି ସୃଷ୍ଟି କରିଛି। ଅଧକ୍ଷା ଙ୍କ କାମ କାର୍ଯ୍ୟରେ ଅସନ୍ତୁଷ୍ଟ ହୋଇ ପରିଚାଳନା କମିଟି ତାଙ୍କୁ ଛୁଟିରେ ଯିବା ପାଇଁ ଆଦେଶ କରିଥିଲେ। ତେବେ ଆଜି ସେ ଯୋଗ ଦେବାକୁ ଆସିଥିବାବେଳେ ତାଙ୍କୁ ବିଦ୍ୟାଳୟକୁ ପ୍ରବେଶ କରିବାକୁ ଦିଆଯାଇନଥିଲା। ଏହାର ପ୍ରତିବାଦରେ ଏବଂ ତାଙ୍କ ସପକ୍ଷରେ ଅଭିଭାବକ ସ୍କୁଲ ପରିସରରେ ଧାରଣାରେ ବସିଥିଲେ। ଫଳରେ ପାଠ ପଢା ବ୍ୟାଘାତ ହେବା ସହ ଅଭାବନୀୟ ପରିସ୍ଥିତି ସୃଷ୍ଟି ହୋଇଥିଲା। ଏହି ଘଟଣାକୁ ନେଇ କେତେକ ଅଭିଭାବକ ପରିଚାଳନା କମିଟି ର ଚେୟାରମ୍ୟାନ,ସଭାପତି ଓ ସମ୍ପାଦକ ଙ୍କ ବିରୁଦ୍ଧରେ ଆର୍ଥିକ ଅନୀୟମିତତା ମନମୁଖୀ କାର୍ଯ୍ୟର ଆରକ୍ଷୀ ଅଧିକ୍ଷକ ଙ୍କ ନିକଟରେ ତଦନ୍ତ ଦାବୀ କରିଛନ୍ତି। ତେବେ ସ୍କୁଲ ଅର୍ଥ ର ବ୍ୟାପକ ହେରଫେର ହୋଇଥିବାରୁ ଏହାର ତଦନ୍ତ କରିବା ସହ ନୂତନ ପରିଚାଳନା କମିଟି ଗଠନ ଦାବୀ କରିଥିଲେ। ଏଠାରେ ସୂଚନା ଯୋଗ୍ୟ ଯେ, ସ୍କୁଲରେ ଗଚ୍ଛିତ ଅର୍ଥ ଦୀର୍ଘ ବର୍ଷ ହେଲା ବିନା ଟେଣ୍ଡରରେ ଉନ୍ନୟନ ମୂଳକ କାର୍ଯ୍ୟ ନାମରେ ଖର୍ଚ୍ଚ କରାଯାଇ ବ୍ୟାପକ ଅର୍ଥ ହେରଫେର ହୋଇଥିବା ଅଭିଯୋଗ ହୋଇଆସୁଛି। ଏହାକୁ ନେଇ କମିଟି ମଧ୍ୟରେ ଘୋର ଅସନ୍ତୋଷ ଲାଗି ରହିଛି। ତେବେ ଏକ ଅନୁଷ୍ଠାନ ଅର୍ଥକୁ ମନଇଚ୍ଛା ଖର୍ଚ୍ଚ କରିବା ଘଟଣାର ତଦନ୍ତ ହେଲେ ବହୁ ଦୁର୍ନିତୀ ପଦାକୁ ଆସିବ ବୋଲି ମତପ୍ରକାଶ ପାଇଛି। କେତେକ କର୍ମକର୍ତ୍ତା ବିଦ୍ୟାଳୟରେ ଶିକ୍ଷା ବ୍ୟବସ୍ଥାରେ ହସ୍ତକ୍ଷେପ କରୁଥିବା ଅଭିଭାବକମାନେ ଅଭିଯୋଗ କରିଛନ୍ତି। ଯାହାକି ଆଗାମି ଦିନରେ ଅନୁଷ୍ଠାନ ପାଇଁ କ୍ଷତିକାରକ ହେବ ବୋଲି ମତପ୍ରକାଶ ପାଇଛି। ନୂତନ ସ୍କୁଲ ପରିଚାଳନା କମିଟି ଗଠନ କରାଯିବା ସହ ଅଧକ୍ଷା ଙ୍କୁ ସ୍ଥାୟୀ ଭାବେ ରଖିବାକୁ ଅଭିଭାବକମାନେ ଦାବୀ କରିଛନ୍ତି।

## ବାଲେଶ୍ୱର ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀଙ୍କ ପ୍ରଚେଷ୍ଟାରେ ଭିନ୍ନକ୍ଷମଙ୍କୁ ମିଳିଲା ଆତ୍ମନିର୍ଭରତା

ବାଲେଶ୍ୱର,(ପି.ଏନ): ବାଲେଶ୍ୱର ସାଂସଦ ଶ୍ରୀ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଙ୍କ ପ୍ରଚେଷ୍ଟାରେ ଭିନ୍ନକ୍ଷମ ଙ୍କୁ ମିଳିଲା ଆତ୍ମନିର୍ଭରତା। ଆଜି ସ୍ଥାନୀୟ ଗାନ୍ଧୀ ସ୍ମୃତି ଭବନ ଠାରେ ସାଂସଦ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀ ଙ୍କ ପ୍ରଚେଷ୍ଟାରେ କେନ୍ଦ୍ର ସାମାଜିକ ନ୍ୟାୟ ଓ ସଶକ୍ତିକରଣ ରାଷ୍ଟ୍ରମନ୍ତ୍ରୀ ଶ୍ରୀ ନାରାୟଣ ସ୍ୱାମୀ ଙ୍କ ଉପସ୍ଥିତିରେ ବାଲେଶ୍ୱର ଜିଲ୍ଲାର ଭିନ୍ନକ୍ଷମ ବ୍ୟକ୍ତିମାନଙ୍କୁ କୃତ୍ରିମ ଅଙ୍ଗ ତଥା ସହାୟତା ଉପକରଣ ପାଇଁ ସାମାଜିକ ନ୍ୟାୟ ଓ ସଶକ୍ତିକରଣ ମନ୍ତ୍ରାଳୟ ବାଲେଶ୍ୱର ଜିଲ୍ଲା ର ସଦରରେ ୯୪ ଜଣ ଓ ବସ୍ତାର ୧୨୫ ଜଣ ଭିନ୍ନକ୍ଷମ ବ୍ୟକ୍ତିଙ୍କୁ "ହୁଇଲ ଚେୟାର ଏବଂ ତିନି ଚକିଆ ସାଇକଲ" ଓ ଶ୍ରବଣ ଯନ୍ତ୍ର" ପ୍ରଦାନ କରିଥିଲେ। ଏହା ଦ୍ୱାରା ଭିନ୍ନକ୍ଷମ ବ୍ୟକ୍ତି ସ୍ୱାବଲମ୍ବୀ ହେବା ସହ ସେମାନଙ୍କ ମନରେ ଏକ ସକାରାତ୍ମକ ଉର୍ଜା ସୃଷ୍ଟି ହେବ। ଏଥି ସହିତ ଆଗାମୀ ଦିନରେ ବାଲେଶ୍ୱର ଜିଲ୍ଲାର ସମସ୍ତ ନିର୍ବଚନ ମଣ୍ଡଳୀରେ ଭିନ୍ନକ୍ଷମ ମାନଙ୍କୁ ଏଭଳି ସହାୟତା ଉପକରଣ ଏବଂ କୃତ୍ରିମ ଅଙ୍ଗ ବ୍ଣ୍ଟିବ ବୋଲି ସାଂସଦ ଶ୍ରୀ ଷଡ଼ଙ୍ଗୀ କହିଥିଲେ। ମାନନୀୟ ସାଂସଦ ଶ୍ରୀଯୁକ୍ତ ପ୍ରତାପ ଚନ୍ଦ୍ର ଷଡ଼ଙ୍ଗୀଙ୍କ ଅନୁରୋଧ କ୍ରମେ କେନ୍ଦ୍ରମନ୍ତ୍ରୀ ଦିବ୍ୟାଙ୍ଗ ବ୍ୟକ୍ତିମାନଙ୍କ ପାଇଁ ଭାରତ ସରକାରଙ୍କର ସାମାଜିକ ନ୍ୟାୟ ଓ ସଶକ୍ତିକରଣ ବିଭାଗ ପକ୍ଷରୁ ବାଲେଶ୍ୱରରେ "କୋମ୍ପଜିଟ୍ ରିହାବିଲିଟେସନ ସେଣ୍ଟର" ଖୋଲିବା ଏବଂ ରାଷ୍ଟ୍ରୀୟ ବୟୋଶ୍ରୀ ଯୋଜନା ଅନ୍ତର୍ଗତ ସମସ୍ତ ବରିଷ୍ଠ ନାଗରିକ ମାନଙ୍କୁ ନିଶୁଳ୍କ ସହାୟକ ଉପକରଣ ପ୍ରଦାନ କରାଯିବ ବୋଲି ଘୋଷଣା କରିଥିଲେ।

## ରେଫରାଲ ଚିକିତ୍ସା ପାଇଁ ଶ୍ରୀଜା ହସ୍ପିଟାଲ ସହ ପାରାଦୀପ ବନ୍ଦର ର ଚୁକ୍ତିନାମା ସ୍ୱାକ୍ଷରିତ

ପାରାଦୀପ,(ପି.ଏନ): ପାରାଦୀପ ବନ୍ଦର କର୍ମଚାରୀ, ପେନସନଭୋଗୀ ଏବଂ ସେମାନଙ୍କ ପରିବାର ବର୍ଗଙ୍କ ରେଫରାଲ ଚିକିତ୍ସା ପାଇଁ ପାରାଦୀପ ବନ୍ଦର ପ୍ରାଧିକରଣ ଓ କଟକର ଅତ୍ୟାଧୁନିକ ଶ୍ରୀଜା ହସ୍ପିଟାଲ ସହିତ ଏକ ବୁଝାମଣାପତ୍ର(ଏମଓୟୁ) ଗୁରୁବାର ଦିନ ସ୍ୱାକ୍ଷରିତ ହୋଇଯାଇଛି । କଟକର ଓଏମପି ଛକ ନିକଟରେ ଏକ ସୁବିଧା ଜନକ ସ୍ଥାନରେ ଅବସ୍ଥିତ ଏହି ହସ୍ପିଟାଲରେ ପାରାଦୀପ ବନ୍ଦରର ଗୁରୁତ୍ୱର ଅସୁସ୍ଥ ରୋଗୀଙ୍କ ପାଇଁ ସହଜରେ ଚିକିତ୍ସା ସୁବିଧା ଉପଲବ୍ଧ ହେବ । ଏହି ପରିପ୍ରେକ୍ଷୀରେ ପାରାଦୀପ ବନ୍ଦର ଚିକିତ୍ସାଳୟ ପରିସରରେ ଆୟୋଜିତ କାର୍ଯ୍ୟକ୍ରମରେ ପାରାଦୀପ ବନ୍ଦର ପକ୍ଷରୁ ମୁଖ୍ୟ ଚିକିତ୍ସାଧିକାରୀ ଡା. ପ୍ରହଲ୍ଲାଦ ଚନ୍ଦ୍ର ପଣ୍ଡା ଏବଂ କଟକ ଶ୍ରୀଜା ହସ୍ପିଟାଲ ପକ୍ଷରୁ ନିର୍ଦ୍ଦେଶକ ରଶ୍ମି ରଂଜନ ପରିଡା ଏହି ଚୁକ୍ତିନାମାରେ ସ୍ୱାକ୍ଷର କରିଥିବାର ଜଣାପଡିଛି ।

## ଭୁବନେଶ୍ୱରର ପରିମଳ ବ୍ୟବସ୍ଥା ସ୍ମାର୍ଟ ହେବ : ସ୍ମାର୍ଟ ସିଟିରେ ସ୍ମାର୍ଟ ସଫେଇ ମେସିନ୍ ଜଟାୟୁ ଉଦଘାଟିତ



ଭୁବନେଶ୍ୱର,(ପି.ଏନ): ଭୁବନେଶ୍ୱର ମହାନଗର ନିଗମ ପକ୍ଷରୁ ନୂଆ ଅଳିଆ ସଫା ମେସିନ୍ ଜଟାୟୁ ଉଦ୍ଘାଟିତ ହୋଇଯାଇଛି । ଭୁବନେଶ୍ୱର ମହାନଗର ନିଗମ ଉତ୍ତର ମଣ୍ଡଳୀ ଅନ୍ତର୍ଗତ ଆଠ ନମ୍ବର ଓାର୍ଡର ଡ୍ରଷ୍ଟିଟ ଷ୍ଟୋର ଠାରେ ଅନୁଷ୍ଠିତ ଏହି ଉଦ୍ଘାଟନୀ ଉତ୍ସବରେ ମୁଖ୍ୟ ଅତିଥି ଭାବେ ଯୋଗଦେଇ ମେୟର ସୁଲୋଚନା ଦାସ ଉଦ୍ଘାଟନ କରିଥିଲେ । ସେ କହିଥିଲେ ଭୁବନେଶ୍ୱର ପରିମଳ ବ୍ୟବସ୍ଥାକୁ ସ୍ମାର୍ଟ କରିବା ପାଇଁ ସ୍ମାର୍ଟ ସଫେଇ ମେସିନ୍ ଜଟାୟୁକୁ ସାମିଲ କରାଯାଇଛି । ଏହି ମେସିନ୍ ମାଧ୍ୟମରେ କାଣ୍ଡି ହୋଇଥିବା ଅଳିଆ ଓ ମୁଖ୍ୟ ରାସ୍ତାରେ ପଡୁଥିବା ଅଳିଆ ସ୍ୱଳ୍ପ ସମୟ ଭିତରେ ସଫା ହୋଇପାରିବ । ନୂତନ ଜ୍ଞାନ କୌଶଳରେ ନିର୍ମିତ ଏହି ଜଟାୟୁ ମେସିନ୍ ଦୃତ ଓ ବୃହତ ଭ୍ୟାକୁମ୍ କ୍ଲିନର ଦ୍ୱାରା ଛୋଟ ଇଟା, ପଥର, ପଇଡ ଖୋଳ, କାଠ ଠାରୁ ଆରମ୍ଭ କରି ଡାଳ, ପତ୍ର, କାଗଜ ଇତ୍ୟାଦି ମାତ୍ର କେଇ ମିନିଟ୍ ସମୟ ମଧ୍ୟରେ ସଫା କରି ପାରୁଛି । ଯାହା ଦ୍ୱାରା କମ୍ ସମୟ ମଧ୍ୟରେ ବହୁତ ଏରିଆ ସଫା କରାଯାଇ ପାରିବ । ବିଏମ୍‌ସି କମିଶନର ବିଜୟ ଅମୃତ କୁଲାଙ୍ଗେ କହିଥିଲେ ସଫେଇ କର୍ମଚାରୀ ମାନେ ଝାଡୁ କରି ଯେଉଁ ଅଳିଆ ସବୁ କାଣ୍ଡି କରୁଛନ୍ତି ତାକୁ ଉଠାଇବା ପାଇଁ ଏହା ବହୁତ ସାହାର୍ଯ୍ୟ କରିବ । କମ୍ ଲୋକ ଓ ଗାଡି ଦ୍ୱାରା ଶୀଘ୍ର ଅଳିଆ ଉଠି ପାରିବ । ଏହି କାର୍ଯ୍ୟକ୍ରମରେ ଅନ୍ୟ ମାନଙ୍କ ମଧ୍ୟରେ ଡେପୁଟି ମେୟର ମୂଳତା କହଁର, ପରିମଳ କମିଟିର ଅଧକ୍ଷ ତଥା କର୍ପୋରେଟା ବିର☐ ନାରାୟଣ ମହାସୂପକାର, ଅତିରିକ୍ତ କମିଶନର ମୟୁର ସୂର୍ଯ୍ୟବଂଶୀ, ଡେପୁଟି କମିଶନର ଲକ୍ଷ୍ମୀକାନ୍ତ ସେଠୀ, ପୁରନ୍ଦର ନନ୍ଦ, କର୍ପୋରେଟର ଲାଲ ମୋହନ ଟୁଡୁ, ମୋନାଲିସା ସାହୁ, ମିହିର କୁମାର ରାଉତ, ମୋନାଲିସା ବେହେରା, ପ୍ରୀତିନନ୍ଦା ରାଉତରାୟ, ଯୁବନେତା ମନୋଜ ସାହୁ, ଠିକା ସଂସ୍ଥା ପ୍ରତ୍ୟୁଷର ମୁଖ୍ୟ ବଳରାମ ସାହୁ ପ୍ରମୁଖ ଯୋଗ ଦେଇଥିଲେ । ସେହିପରି ପ୍ରତ୍ୟୁଷ ପକ୍ଷରୁ ଏହି ମେସିନ୍ ସହିତ ଅଣା ଯାଇଥିବା ୨୪ ଘିଆ ଜରୁରୀ କାଳୀନ ଅଳିଆ ବୁହା ଗାଡିକୁ ମେୟର ନିଜେ ଚଳାଇ ଉଦଘାଟନ କରିଥିଲେ ।

## ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସରଗିଫୁଲ, ବିଜ୍ଞାନମେଳା ଓ ଭଲିବଲ ପ୍ରତିଯୋଗୀତା ଉଦ୍ଘାଟିତ




କେନ୍ଦୁଝର,(ପି.ଏନ): ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗ ବିଦ୍ୟାଳୟ ସମୂହ, କେନ୍ଦୁଝର ପକ୍ଷରୁ ନରଣପୁର ସରକାରୀ ଉଚ୍ଚ ବିଦ୍ୟାଳୟ ପରିସରରେ ଦୁଇଦିନିଆ ଜିଲ୍ଲାସ୍ତରୀୟ ଶିଶୁ ମହୋତ୍ସବ ସରଗିଫୁଲ, ବିଜ୍ଞାନମେଳା ଓ ଭଲିବଲ ପ୍ରତିଯୋଗୀତା -୨୦୨୨ ଶୁକ୍ରବାର ଦିନ ଏକ ବର୍ଣ୍ଣାଢ୍ୟ ପରିବେଶ ମଧ୍ୟରେ ଉଦ୍ଘାଟିତ ହୋଇଯାଇଛି। ଅତିରିକ୍ତ ଜିଲ୍ଲାପାଳ ସୁଷମା ବିଲୁଙ୍ଗ ମୁଖ୍ୟ ଅତିଥି ଭାବେ ଯୋଗଦେଇ କାର୍ଯ୍ୟକ୍ରମକୁ ଉଦ୍ଘାଟନ କରି ନିଜ ବକ୍ତବ୍ୟରେ ପିଲାମାନଙ୍କଠାରେ ଥିବା ଅର୍ନ୍ତନିହିତ ପ୍ରତିଭାର ବିକାଶ ପାଇଁ ସରଗିଫୁଲ ଏକ ପ୍ରକୃଷ୍ଟ ମାଧ୍ୟମ ବୋଲି କହିଥିଲେ। ବିଜ୍ଞାନମେଳାରେ ଛାତ୍ରଛାତ୍ରୀଙ୍କ ଆଗ୍ରହ ବଢୁଛି, ପିଲାମାନଙ୍କ ଦ୍ୱାରା ହେଉଥିବା ଅନେକ ନୂଆ ନୂଆ ପ୍ରକଳ୍ପରେ ପ୍ରତିଭା ଭରି ରହିଛି ଏବଂ ସେହି ପ୍ରତିଭାକୁ ଚିହ୍ନଟ କରି ତାହାର ବିକାଶ ପାଇଁ ଶିକ୍ଷକ ସମାଜ ଯତ୍ନବାନ ହେଲେ ଭବିଷ୍ୟତରେ ସେମାନେ ବିଭିନ୍ନ କ୍ଷେତ୍ରରେ ଉତ୍କର୍ଷତା ହାସଲ କରି ସୁନାମ ଅର୍ଜନ କରିପାରିବେ ବୋଲି କହିଥିଲେ। ଜିଲ୍ଲା ମଙ୍ଗଳ ଅଧିକାରୀ ପ୍ରଦ୍ୟୁମ୍ନ କୁମାର ଦାଶଙ୍କ ସଭାପତିତ୍ୱରେ ଆୟୋଜିତ ଏହି ଉଦ୍ଘାଟନୀ ଉତ୍ସବରେ ସମ୍ମାନୀତ ଅତିଥି ଭାବେ ସମନ୍ୱିତ ଆଦିବାସୀ ଉନ୍ନୟନ ସଂସ୍ଥା, କେନ୍ଦୁଝର ର ପ୍ରକଳ୍ପ ପ୍ରଶାସକ ତପନ କୁମାର ନାୟକ ଯୋଗଦେଇ ଏଭଳି ଏକ କାର୍ଯ୍ୟକ୍ରମ ଛାତ୍ରଛାତ୍ରୀଙ୍କ ମଧ୍ୟରେ ଥିବା ଲୁକ୍କାୟିତ ପ୍ରତିଭାକୁ ଉନ୍ମୋଚିତ କରିବା ପାଇଁ ପ୍ରକୃଷ୍ଟ କ୍ଷେତ୍ର ବୋଲି ବର୍ଣ୍ଣନା କରିଥିଲେ। ବିଜ୍ଞାନ ମେଳାରେ କୁନି ବୈଜ୍ଞାନିକଙ୍କ ଦ୍ୱାରା ହୋଇଥିବା ଅନେକ ପ୍ରକଳ୍ପରେ ଉନ୍ନତ ଚିନ୍ତାଧାରା ପରିପ୍ରକାଶରେ ସୁଯୋଗ ସୃଷ୍ଟି କରିଛି ବୋଲି ସେ ପ୍ରକାଶ କରିଥିଲେ। ମୁଖ୍ୟବକ୍ତା ଭାବେ ଅବସରପ୍ରାପ୍ତ ପ୍ରାଧ୍ୟାପକ ଡକ୍ଟର ବିମ୍ବାଧର ବେହେରା ଯୋଗ ଦେଇ ସର୍‌ଗିଫୁଲ ଭଳି କାର୍ଯ୍ୟକ୍ରମ ଯୋଗୁଁ ଜିଲ୍ଲାସ୍ତରରେ ବହୁ ଲୁକ୍କାୟିତ ପ୍ରତିଭା ଚୟନ କରିପାରୁଛି। ଏହି ପ୍ରତିଭାମାନେ ରାଜ୍ୟସ୍ତରରେ ମଧ୍ୟ ସଫଳତା ହାସଲ କରି ଜିଲ୍ଲା ପାଇଁ ଗର୍ବ ଓ ଗୌରବ ଆଣି ଦେଉଥିବାରୁ ଶିକ୍ଷକ/ଶିକ୍ଷୟତ୍ରୀମାନଙ୍କୁ ସେ ଧନ୍ୟବାଦ ଜଣାଇଥିଲେ। ଅନ୍ୟତମ ସମ୍ମାନୀତ ଅତିଥି ଭାବେ ଜିଲ୍ଲା ଶିକ୍ଷା ଅଧିକାରୀ ପୂର୍ଣ୍ଣଚନ୍ଦ୍ର ସେଠୀ ଯୋଗଦେଇ ସରଗିଫୁଲ ମାଧ୍ୟମରେ ଛାତ୍ରଛାତ୍ରୀମାନେ ନିଜର କଳାକୌଶଳ ପ୍ରଦର୍ଶନ କରିପାରିବେ ବୋଲି କହିଥିଲେ। ଛାତ୍ରଛାତ୍ରୀମାନେ ଜିଲାସ୍ତରୀୟ ପ୍ରତିଯୋଗୀତାରେ ସଫଳତା ହାସଲ କରି ରାଜ୍ୟସ୍ତରରେ କୃତିତ୍ୱ ଅର୍ଜନ କରି ଜିଲ୍ଲାର ଟେକ ରଖିବାକୁ କହିଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବେ ଅନୁସୂଚିତ ଜନଜାତି ଓ ଜାତି ଉନ୍ନୟନ ବିଭାଗର ଜିଲ୍ଲା ଶିକ୍ଷା ନୀରିକ୍ଷକ ସଞ୍ଜୟ କୁମାର ଧଳ ଯୋଗ ଦେଇ ପ୍ରତିଭା ଅନ୍ୱେଷଣ ପାଇଁ ଜିଲ୍ଲାସ୍ତରୀୟ ଉତ୍ସବ ସର୍‌ଗିଫୁଲ ଓ ବିଜ୍ଞାନମେଳା ବେଶ ସହାୟକ ହେଉଥିବା ପ୍ରକାଶ କରିଥିଲେ। ନିଜ ସଭାପତିତ୍ୱ ଅଭିଭାଷଣରେ ଜିଲ୍ଲା ମଙ୍ଗଳ ଅଧିକାରୀ ପ୍ରଦ୍ୟୁମ୍ନ କୁମାର ଦାଶ ୨୦୧୦ରୁ ଆରମ୍ଭ ହୋଇଥିବା ଏହି କାର୍ଯ୍ୟକ୍ରମ ଯୋଗୁଁ ଦୃଷ୍ଟି ଆଢୁଆଳରେ ରହି ଯାଉଥିବା ବହୁ ପ୍ରତିଭାଙ୍କୁ ଚିହ୍ନଟ କରାଯାଇ ପାରୁଛି। କେନ୍ଦୁଝର ଜିଲ୍ଲାରୁ ଯାଇଥିବା ଆଦିବାସୀ ଲୋକନୃତ୍ୟ ଜାତୀୟସ୍ତରରେ ପୁରସ୍କୃତ ହୋଇଥିବାବେଳେ ଭଲିବଲ କ୍ରୀଡାରେ ମଧ୍ୟ ଅନେକ ସଫଳତା ମିଳୁଥିବା ଶ୍ରୀ ଦାଶ ପ୍ରକାଶ କରିଥିଲେ। ଶେଷରେ ନରଣପୁର ହାଇସ୍କୁଲର ଦାୟିତ୍ୱରେ ଥିବା ପ୍ରଧାନ ଶିକ୍ଷୟିତ୍ରୀ ଅପରାମିତା ବେହେରା ଧନ୍ୟବାଦ ଅର୍ପଣ କରିଥିଲେ। ଦୁଇଦିନିଆ ଏହି ଜିଲ୍ଲାସ୍ତରୀୟ ଶିଶୁ ଉତ୍ସବ ସର୍‌ଗିଫୁଲ ଓ ବିଜ୍ଞାନମେଳା କାର୍ଯ୍ୟକ୍ରମରେ ତର୍କ,ସୃଜନାତ୍ମକ ଲେଖା, ସଂଗୀତ, ଗଣିତ, ବିଜ୍ଞାନ, କୁଇଜ୍,ଏକକ ଅଭିନୟ,ଗ୍ରୁପ ଡ୍ୟାନ୍ସ ଆଦି ବିଭାଗରେ ପ୍ରତିଯୋଗୀତା ହୋଇଛି। ଉଚ୍ଚ ବିଦ୍ୟାଳୟ ସ୍ତରରେ ଭଲିବଲ ପ୍ରତିଯୋଗୀତା ଅନୁଷ୍ଠିତ ହୋଇଛି। ଏଥିରେ ବାଳକ ବିଭାଗରେ ୧୨ ଟି ଦଳ ଏବଂ ବାଳିକା ବିଭାଗରେ ୧୦ଟି ଦଳ ଭାଗ ନେଇଥିଲେ। ବାଳକ ବିଭାଗର ଗୋଟିଏ ଦଳ ଏବଂ ବାଳିକା ବିଭାଗର ଗୋଟିଏ ଦଳ ଜୋନାଲସ୍ତରୀୟ ଭଲିବଲ ପ୍ରତିଯୋଗୀତାରେ ଅଂଶଗ୍ରହଣ କରିବେ। ଉଭୟ ଜିଲ୍ଲାସ୍ତରୀୟ ସର୍‌ଗିଫୁଲ ଓ ବିଜ୍ଞାନମେଳା କାର୍ଯ୍ୟକ୍ରମକୁ କାଦକଳା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୋମନାଥ ଆଇଚ, ଶୁଆକାଟୀ ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ ବିକାଶ ଶତପଥି,ଭଗାମୁଣ୍ଡା ଉଚ୍ଚ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସଚ୍ଚିଦାନନ୍ଦ ମିଶ୍ର,ଭଗାମୁଣ୍ଡା ଆଶ୍ରମ ସ୍କୁଲର ପ୍ରଧାନଶିକ୍ଷକ ସରୋଜ କୁମାର ନନ୍ଦ, ରାଇଡିହା ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ପ୍ରଧାନ ଶିକ୍ଷକ ସୁରେନ୍ଦ୍ର କୁମାର ନାୟକ,କୋଡିପଶା ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ ତ୍ରିଲୋଚନ ନାୟକ, ଖଜୁରୀବାଣି ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ ଲକ୍ଷ୍ମୀଧର ସାହୁ,ଗଦୁଆଁ ଆଶ୍ରମ ବିଦ୍ୟାଳୟର ପ୍ରଧାନଶିକ୍ଷକ କୁଳମଣି ଜେନା ଏବଂ ନରଣପୁର ଉଚ୍ଚ ବିଦ୍ୟାଳୟର ଶିକ୍ଷକ ଦେବବ୍ରତ ପାଣିଗ୍ରାହୀ,କ୍ରୀଡା ଶିକ୍ଷକ ପଦ୍ମଲୋଚନ ମହାନ୍ତଙ୍କ ସମେତ ସମସ୍ତ ଶିକ୍ଷକ/ଶିକ୍ଷୟିତ୍ରୀ ଓ କର୍ମଚାରୀ ପରିଚାଳନାରେ ସହଯୋଗ କରିଥିଲେ। ଅନୁସୂଚିତ ଜନଜାତି ଓ ଅନୁସୂଚିତ ଜାତି ଉନ୍ନୟନ ବିଭାଗର ୩୧ଟି ଉଚ୍ଚ ବିଦ୍ୟାଳୟ,୫୪ଟି ଆଶ୍ରମ ବିଦ୍ୟାଳୟ, ୧ଟି ସେବାଶ୍ରମ,୨ଟି ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ,୨ଟି ଏଜୁକେସନାଲ କଂପ୍ଲେକ୍ସ ଓ ରାଙ୍କିସ୍ଥିତ ଏକଲବ୍ୟ ଆଦର୍ଶ ବିଦ୍ୟାଳୟରୁ ଜିଲାସ୍ତରୀୟ ସରଗିଫୁଲ କାର୍ଯ୍ୟକ୍ରମରେ ବରିଷ୍ଠ ଓ କନିଷ୍ଠ ବର୍ଗରେ ସମୁଦାୟ ୧୫୦୦ଜଣ ଛାତ୍ରଛାତ୍ରୀ ଏବଂ ୧୧୦ଜଣ ଗାଇଡ ଶିକ୍ଷକ ଅଂଶଗ୍ରହଣ କରିଥିବାବେଳେ ବିଜ୍ଞାନମେଳାରେ ୨୩ ଟି ପ୍ରକଳ୍ପରେ ୪୬ ଜଣ ଶିଶୁ ବିଜ୍ଞାନୀ ଏବଂ ୨୩ ଜଣ ଗାଇଡ ଶିକ୍ଷକ/ଶିକ୍ଷୟିତ୍ରୀ ଅଂଶଗ୍ରହଣ କରିଛନ୍ତି।


ADMISSION OPEN

MAHARISHI PLAY SCHOOL

A Great Place to Grow @ mps

PLAY GROUP (2+)
NURSERY (3+)
LKG, UKG, STD-I TO V



FIND THE DIFFERENCE
●Surveillance through CCTV Camera ●Small Classes ●Congenial Environment ●Intimate, Safe & Secured Place ●Experienced & loving teachers ●Individual attention to each child ●Spacious Playground ●AC Activity Room ●Transport Facilities

TUITION CLASSES
for Std I to Std V
Timing: 5 PM to 6.30 PM

MAHARISHI PUBLIC SCHOOL
N4-F/24, IRC Village, Nayapalli,
Bhubaneswar, Phone: 0674-2558884,2550786
E-mail: maharishipublic13@gmail.com
25% Seats reserved in Std. 1 under RTE Act



Printed & Published by Budhadev Mohapatra on behalf of Hiranmayee Media Pvt. Ltd. & Printed at Mayur Offset Printers, Plot No. D-1/1, Mancheswar Industrial Estate, Bhubaneswar-751010 & Published at N-4, F/24, IRC Village, Nayapalli, Bhubaneswar, Dist-Khordha, Pin-751015, Phone : (0674© 2550751/2555116, Fax No. : 2550504, E-mail :editorpbkc@gmail.com, paryabekhyak@gmail.com

ସମ୍ପାଦକ : ଡକ୍ଟର ପବିତ୍ର ମୋହନ ସାମନ୍ତରାୟ
EDITOR : Dr. Pabitra Mohan Samantaray